୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.260 Bhubaneswar Thursday November 28 2024 | ୨୬ତମ ବର୍ଷ ସଂଖ୍ୟା-୨୬୦ ଭୁବନେଶ୍ୱର, ବୁଧବାର, ନଭେମ୍ବର ୨୮, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS

# ସମ୍ବିଧାନ ଦିବସରେ ଗଣମାଧ୍ୟମକୁ ଚତୁର୍ଥ ସ୍ତମ୍ଭର ମାନ୍ୟତା ଦାବି





ଭୁବନେଶ୍ୱର,୨୭।୧୧(ପି.ଏନ): ରାଷ୍ଟ୍ରୀୟ ପତ୍ରକାର ମହାସଂଘ, ନୂଆଦିଲ୍ଲୀଙ୍କ ଆହ୍ୱାନ କ୍ରମେ ଆଜି ରାଜ୍ୟ ମୁଖ୍ୟାଳୟଠାରେ ସମ୍ବିଧାନ ଦିବସ ପାଳନ ଅବସରରେ ମାଷ୍ଟର କ୍ୟାଣ୍ଟିନ ଛକ ନିକଟରେ ଗଣମାଧ୍ୟମକୁ ଚତୁର୍ଥ ସ୍ତମ୍ଭର ସାମ୍ବିଧାନିକ ମାନ୍ୟତା ଦାବିକୁ ନେଇ ଏକ ବିରାଟ ଦସ୍ତଖତ ଅଭିଯାନ ଆରମ୍ଭ କରାଯାଇଛି । ଏହି ଅଭିଯାନକୁ ସମର୍ଥନ ଜଣାଇ ରାଜ୍ୟରେ ପଂଜୀକୃତ ହୋଇଥିବା ପ୍ରମୁଖ ଟ୍ରେଡ ୟୁନିଅନ ସମ୍ମିଳିତ କର୍ମଜୀବୀ ସାମ୍ବାଦିକ ସଂଘ, ଭାରତୀୟ ଗଣମାଧ୍ୟମ ପରିଷଦ, ଓଡିଶା ପତ୍ରକାର ମହାସଂଘ, ଓଡିଶା ଗଣମାଧ୍ୟମ ପରିଷଦ, ତଥା ଆଇଏସଏଫଏମଏନ, ଏନଏମସି, ଡିଜିଟାଲ ମିଡିଆ ମହାସଂଘ ସମେତ ଅନେକ ଗଣମାଧ୍ୟମ ଅନୁଷ୍ଠାନର ପ୍ରାୟ ୧୦୦ ରୁ ଉର୍ଦ୍ଧ୍ୱ ଗଣମାଧ୍ୟମ ପ୍ରତିନିଧି ଯୋଗଦାନ ପୂର୍ବକ ଆମର ଦାବି ପୁରଣ କରିବାକୁ ସ୍ୱର ଉତ୍ତୋଳନ କରିଛନ୍ତି । କେବଳ ଭୁବନେଶ୍ୱର ନୁହେଁ ଦେଶର ଅଧିକାଂଶ ରାଜ୍ୟର ରାଜଧାନୀରେ ରାଷ୍ଟ୍ରୀୟ ପତ୍ରକାର ମହାସଂଘ ରାଜ୍ୟ ଶାଖା ସମୂହରୁ ଅନୁରୂପ ଅଭିଯାନ କରାଯାଇଅଛି । ରାଷ୍ଟ୍ରୀୟ ସଭାପତି ଡାଃ ପବିତ୍ର ମୋହନ ସାମନ୍ତରାୟ ଉକ୍ତ ଅଭିଯାନର ନେତୃତ୍ୱ ନେଇ ଗଣମାଧ୍ୟମ କର୍ମୀମାନଙ୍କୁ ସମ୍ବୋଧନ କରି ପ୍ରକାଶ କରିଛନ୍ତି ଯେ ଗଣମାଧ୍ୟମକୁ ଚତୁର୍ଥ ସ୍ତମ୍ଭ ଭାବରେ ସବୁଆଡେ ବ୍ୟାପକ ଚହଳ ମାତ୍ର କିନ୍ତୁ ଅନ୍ୟ ତିନଟି ସ୍ତମ୍ଭ ଭଳି ଗଣମାଧ୍ୟମକୁ କୌଣସି ସାମ୍ବିଧାନିକ ମର୍ଯ୍ୟାଦା ମିଳି ନବାରୁ ସମସ୍ତ ମୌଳିକ ସୁବିଧାରୁ ଦୀର୍ଘ ୭୫ ବର୍ଷ ଧରି ବଂଚିତ ଅଛନ୍ତି ଗଣମାଧ୍ୟମ କର୍ମୀମାନେ, ଏଣୁ ସାମ୍ବାଦିକମାନଙ୍କ ସମସ୍ତ ସମସ୍ୟାକୁ ନେଇ ଏହି ଫୋରମ କାର୍ଯ୍ୟ କରିବ । ଏକ ସ୍ମାରକ ପତ୍ର ମାଧ୍ୟମରେ କେନ୍ଦ୍ର ସରକାର ଏବଂ ମହାମହୀମ ରାଷ୍ଟ୍ରପତିଙ୍କୁ ଅବଗତ କରାଯାଇଏହାର ତ୍ୱରିତ ସମାଧାନ ନିମନ୍ତେ ପ୍ରୟାସ ଜାରି ରହିବ ବୋଲି ଆଶା ବ୍ୟକ୍ତ କରିଛନ୍ତି । ଏହି ସର୍ବସାଧାରଣ ଦସ୍ତଖତ ଅଭିଯାନରେ ରାଷ୍ଟ୍ରୀୟ ସଭାପତି-ପବିତ୍ର ମୋହନ ସାମନ୍ତରାୟ, ରଜନୀକାନ୍ତ ସାମନ୍ତରାୟ, ଉପାଧ୍ୟକ୍ଷ-ଆଇଏମସି, ସଂଜୟ ଦାସ, ସଭାପତି, ଓୟୁଡବ୍ଲି ଜେ, ପ୍ରସନ୍ନ ମହାନ୍ତି - ସାଧାରଣ ସମ୍ପାଦକ, ପ୍ରଦ୍ୟୁମ୍ନ ଦାଶ- କୋଷାଧ୍ୟକ୍ଷ,ପ୍ରସନ୍ନ ପୃଷ୍ଟି, ଅବିନାଶ ମିଶ୍ର- ସଭାପତି,ଓପ୍ତମ, ସଂଜୟ ପ୍ରଧାନ- ଓ ଏମସି, ବରିଷ୍ଠ ସାମ୍ବାଦିକ ସୁରେନ୍ଦ୍ର ସାହୁ, ପରମେଶ୍ୱର ଦାଶ- ସଭାପତି,କଳିଙ୍ଗ ମିଡିଆ ସଂଘ, ସୁବୋଧ କାନୁନଗୋ ପ୍ରମୁଖ ଯୋଗ ଦେଇଛନ୍ତି ବୋଲି ପ୍ରିୟବ୍ରତ ନାୟକ ସୂଚନା ପ୍ରଦାନ କରିଛନ୍ତି ।

## ପୁଣି ଟ୍ରାଫିକ୍ ବ୍ୟବସ୍ଥାକୁ ଫୁଃ; ନିୟମ ଉଲ୍ଲଙ୍ଘନକାରୀଙ୍କ ପ୍ରତି ପୋଲିସର ଏହା ଡର ନା ଭାଇଚାରା

କଟକ,୨୭।୧୧(ପି.ଏନ): STAର ନିୟମ ଅନୁସାରେ BIS/ ISI ମାର୍କା ହେଲମେଟ୍ ପିନ୍ଧିବାକୁ ପଡିବ। ଜରୁରୀ। ନହେଲେ କାର୍ଯ୍ୟାନୁଷ୍ଠାନ ହେବ। ଈଓଝ ମାର୍କ ତ ଛାଡ଼ ସାଧାରମ ହେଲମେଟ୍ ବି ପିନ୍ଧୁ ନାହାନ୍ତି। ସେହି ଅନୁସାରେ କମିସନରେଟ୍ ଟ୍ରାଫିକ କାର୍ଯ୍ୟାନୁଷ୍ଠାନ ନେବା କଥା। ହେଲେ ଏଠି ପ୍ରଶ୍ନ କେବଳ ରାଜଧାନୀ ଭୁବନେଶ୍ୱରରେ କମିସନରେଟ୍ ଟ୍ରାଫିକ ପୋଲିସର କାର୍ଯ୍ୟାନୁଷ୍ଠାନ ଦେଖିବାକୁ ମିଳୁଛି। ସହରର ବିଭିନ୍ନ ସ୍ଥାନରେ ଲଗାଯାଇଥିବା ସିସିଟିଭିକୁ ମଧ୍ୟ ଏ କ୍ଷେତ୍ରରେ ଉପଯୋଗ କରାଯାଉଛି। ରଙ୍ଗରୁଟ୍‌ରେ ଗାଡି ଚଲାଇବା, ବିନା ହେଲମେଟ୍‌ରେ ଗାଡି ଚାଳନା, ଟ୍ରାଫିକ୍ ଛକରେ ଜେବ୍ରା କ୍ରସିଂ ଅତିକ୍ରମ କରିବା, ନାଲି ସିଗନାଲକୁ ଖାତିର୍ ନ କରି ରାସ୍ତା ପାର୍ ହେବା ଆଦି ନିୟମ ଉଲ୍ଲଙ୍ଘନକାରୀଙ୍କୁ ସାବାଡ଼ କରିବା ଉଦ୍ଦେଶ୍ୟରେ କମିସନରେଟ୍ ପୁଲିସ୍ ପକ୍ଷରୁ ଏଭଳି ବ୍ୟବସ୍ଥା କରାଯାଇଛି।କିନ୍ତୁ ଚାଲାଣ କାଟିବା ଭଳି ଜରିମାନା ଆଦାୟ କ୍ଷେତ୍ରକୁ ଗୁରୁତ୍ୱର ସହ ନିଆଯାଉ ନଥିବାରୁ ଏହି ଇ-ଚାଲାଣ ବ୍ୟବସ୍ଥା ଏକପ୍ରକାର ପ୍ରହସନରେ ପରିଣତ ହୋଇଛି। ଫଳରେ ଅମାନିଆମାନେ ବାରମ୍ବାର ଟ୍ରାଫିକ୍ ନିୟମ ଉଲ୍ଲଂଘନ କରି ଚାଲିଛନ୍ତି। ଏକ ତଥ୍ୟରୁ ଜଣାଯାଇଛି ଯେ କମିସନରେଟ୍ ପୋଲିସ୍ ଯେତିକି ଚାଲାଣ କାଟୁଛି, ତାହାର ମାତ୍ର ୨୦% ଚାଲାଣରୁ ଜରିମାନା ଆଦାୟ ହୋଇଛି। ଉଲ୍ଲଂଘନକାରୀଙ୍କୁ କୋର୍ଟ ବାରମ୍ବାର ସମନ୍ ପଠାଉଥିଲେ ମଧ୍ୟ ସେମାନେ ସମନ୍‌କୁ ଖାତିର କରୁନାହାନ୍ତି। ପୂର୍ବ ଭଳି ଟ୍ରାଫିକ୍ ନିୟମକୁ ବେଖାତିର କରୁଛନ୍ତି ବାଇକ୍ ଚାଳକ।ସେପଟେ ସହରର ରାସ୍ତାସବୁକୁ ଦେଖିଲେ ଲାଗୁଛି ଯେମିତି ଟ୍ରାଫିକ୍ ? ପୋଲିସ ନାହାଁନ୍ତି। ପ୍ରତ୍ୟେକ ଛକରେ ଦୁଇ ଜଣ ଟ୍ରାଫିକ୍‌କନଷ୍ଟେବଲଙ୍କୁ ଡ୍ୟୁଟି ଦିଆଯାଉଛି। ଜଣେ ପୋଷ୍ଟରେ ଠିଆ ହୋଇ ସିଗନାଲ୍ ଦେଉଥିବା ବେଳେ ଅନ୍ୟ ଜଣେ ଗାଡ଼ିଗୁଡ଼ିକୁ ସୁଚାରୁ ଢଙ୍ଗରେ ଛାଡ଼ିବା ବ୍ୟବସ୍ଥା କରିବ। କିନ୍ତୁ ଏବେ ବିଭିନ୍ନ ଛକରେ ଦେଖିବାକୁ ମିଳୁଛି, ଜଣେ ଟ୍ରାଫିକ୍ କନ୍‌ଷ୍ଟେବଲ୍ ଥିବା ବେଳେ ଅନ୍ୟ ଜଣେ କେଉଁ ବାଇକ୍‌ଉପରେ ବସି ମୋବାଇଲ୍‌ରେ ମାତି ଥିବେ। ଏକାଧିକ ଅଟୋମେଟିକ୍ ଟ୍ରାଫିକ୍ ସିଗନାଲ୍ ପଏଣ୍ଟକୁ ଜାଣିଶୁଣି ଡ୍ୟୁଟି କରୁଥିବା ଟ୍ରାଫିକ୍ କନ୍‌ଷ୍ଟେବଲ୍‌ମାନେ ବନ୍ଦ କରି ଦେଉଥିବା ଅଭିଯୋଗ ହେଉଛି। ଫଳରେ ଟ୍ରାଫିକ୍ ସମସ୍ୟା ସୃଷ୍ଟି ହେଉଛି।

## ମୋଦୀଙ୍କ ଓଡିଶା ଗସ୍ତ: ଓଡିଆ ଖାଦ୍ୟ ଖାଇବେ ପ୍ରଧାନମନ୍ତ୍ରୀ, କାର୍ଯ୍ୟକ୍ରମ ଥିବା ସ୍ଥାନ 'ନୋ ଫ୍ଲାଇଙ୍ଗ ଜୋନ୍?' ଘୋଷଣା



ଭୁବନେଶ୍ୱର,୨୭।୧୧(ପି.ଏନ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଗସ୍ତକୁ ନେଇ ଚଳଚଞ୍ଚଳ ରାଜ୍ୟ ବିଜେପି ଶିବିର । ଆସନ୍ତା ୨୯ ତାରିଖରେ ମୋଦୀ ଭୁବନେଶ୍ୱରରେ ପହଞ୍ଚିବା ନେଇ କାର୍ଯ୍ୟକ୍ରମ ରହିଛି । ପ୍ରଥମେ ଡିଜି ସମ୍ମିଳନୀରେ ଯୋଗ ଦେବା ପରେ ଦଳୀୟ କାର୍ଯ୍ୟକ୍ରମରେ ଯୋଗ ଦେବେ । ତେବେ ଭୁବନେଶ୍ୱର ବିମାନ ବନ୍ଦର ପହଞ୍ଚିବା ପରେ ତାଙ୍କୁ ପ୍ରଥମେ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯିବ ଏହାପରେ ସେ ବିଜେପି କାର୍ଯ୍ୟାଳୟରେ ରାତ୍ରୀଭୋଜନ କରିବେ । ଅପରାହ୍ନ ୪ଟା ୧୫ ମିନିଟରେ ମୋଦୀ ଭୁବନେଶ୍ୱର ପହଞ୍ଚିବାର କାର୍ଯ୍ୟକ୍ରମ ରହିଛି । ତେବେ ମୋଦୀଙ୍କୁ ମନପସନ୍ଦ ଓଡିଆ ଖାଦ୍ୟ ଦେବା ପାଇଁ ପ୍ରସ୍ତୁତି କରାଯାଉଥିବା କହିଛନ୍ତି ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ । ଆସନ୍ତା ୨୯ ତାରଖରୁ ୩ ଦିନ ଓଡିଶାରେ ରହିବେ ମୋଦୀ ।ପ୍ରଧାନମନ୍ତ୍ରୀଙ୍କ ଗସ୍ତକୁ ନେଇ ଆଜି ମୁଖ୍ୟମନ୍ତ୍ରୀ ସମୀକ୍ଷା କରିଛନ୍ତି । ବିଜେପି କାର୍ଯ୍ୟାଳୟରେ ସମୀକ୍ଷା କରିଛନ୍ତି ମୋହନ ମାଝୀ । ମୁଖ୍ୟମନ୍ତ୍ରୀ, ଆଇନମନ୍ତ୍ରୀ, ପଞ୍ଚାୟତରାଜ ମନ୍ତ୍ରୀ ରାଜ୍ୟ ସଭାପତିଙ୍କ ସହିତ ବୁଲି ସମୀକ୍ଷା କରିଛନ୍ତି । ତେବେ ମୋଦୀ ଏୟାରପୋର୍ଟରୁ ରାଜଭବନ ଯିବେ ଏହା ପରେ ସାଢେ ୬ଟାରେ ପାର୍ଟି ଅଫିସ ଆସିବେ । ୨ ଘଣ୍ଟା ବିଜେପି କାର୍ଯ୍ୟାଳୟରେ ରହିବେ ମୋଦୀ । ଏହି ସମୟରେ ସାଂସଦ ବିଧାୟକଙ୍କର ୬ ମାସର ରିପୋର୍ଟ କାର୍ଡ ନେବେ । ଅନ୍ୟପଟେ ପ୍ରଧାନମନ୍ତ୍ରୀ, ଗୃହମନ୍ତ୍ରୀଙ୍କ ଭୁବନେଶ୍ୱର ଗସ୍ତ ପାଇଁ କଟକଣା ଜାରି କରାଯାଉଛି । ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟକ୍ରମ ରହିଥିବା ସ୍ଥାନରେ ନୋ ଫ୍ଲାଇଙ୍ଗ ଜୋନ୍ ଘୋଷଣା କରାଯାଇଛି । କାର୍ଯ୍ୟକ୍ରମ ସମୟରେ କୌଣସି ଡ୍ରୋନ ଉଡିପାରିବ ନାହିଁ । ଲୋକସେବା ଭବନ କନଭେସନ ସେଣ୍ଟରରେ ରହିବେ ମୋଦୀ । ଆସନ୍ତା ୨୯ ତାରିଖରୁ ଡିସେମ୍ବର ୧ ତାରିଖ ପର୍ଯ୍ୟନ୍ତ ଡିଜିପି ସମ୍ମିଳନୀ ପାଇଁ ଆସିବେ।

## ଆମ୍ବଟାକୁଆ ମୃତ୍ୟୁ ଅନାହାରଜନିତ ନୁହେଁ, ଫୁଡ୍ ପଏଜନିଂ ପାଇଁ ହୋଇଛି : ଖାଦ୍ୟଯୋଗାଣ ମନ୍ତ୍ରୀ



ଭୁବନେଶ୍ୱର,୨୭।୧୧(ପିଏନ):କନ୍ଧମାଳ ଜିଲ୍ଲାର ମାଣ୍ଡିପଙ୍କା ଗାଁର ୩ଜଣ ଆଦିବାସୀ ମହିଳାଙ୍କ ମୃତ୍ୟୁ ଅନାହାରଜନିତ ନୁହେଁ ବରଂ ଫୁଡ୍ ପଏଜନିଂ ପାଇଁ ହୋଇଛି ବୋଲି ରାଜ୍ୟ ଖାଦ୍ୟଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ସ୍ପଷ୍ଟ କରିଛନ୍ତି । ବିରୋଧୀ ଦଳ ପକ୍ଷରୁ ଅନାହାର ମୃତ୍ୟୁକୁ ନେଇ କରାଯାଉଥିବା ହଟ୍ଟଗୋଳ ଓ ଅଭିଯୋଗକୁ ଖଣ୍ଡନ କରି ଆଜି ବିଧାନସଭାରେ ଖାଦ୍ୟଯୋଗାଣ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି ଯେ, କନ୍ଧମାଳ ଜିଲ୍ଲାର ମାଣ୍ଡିପଙ୍କା ଗାଁରେ ୩ଜଣ ମହିଳାଙ୍କ ମୃତ୍ୟୁ ଘଟଣାର ତଦନ୍ତ ସରକାର କରିଛନ୍ତି । ଏହି ତଦନ୍ତରୁ ଜଣାପଡିଛି ଯେ ବାସି ଖାଦ୍ୟ ରଖିବାରୁ ତାହା ବିଷାକ୍ତ ହୋଇଯାଇଥିଲା ଯାହାକୁ ଖାଇ ସେମାନଙ୍କର ମୃତ୍ୟୁ ଘଟିଛି ।ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି ଯେ, ଅନାହାର ଯୋଗୁ ଆମ୍ବଟାକୁଆ ଜାଉ ଖାଇବା ଘଟଣା ସମ୍ପୂର୍ଣ୍ଣ ମିଛ । ବିରୋଧୀ ଦଳ ଅପ୍ରସଙ୍ଗକୁ ପ୍ରସଙ୍ଗ କରୁଛି । ସୁସ୍ଥ ହୋଇ ଘରକୁ ଫେରିଥିବା ଟୁନି ମାଝୀ ସ୍ପଷ୍ଟ କରିଛନ୍ତି ଯେ, ଭାତ ସହ ଆମ୍ବଟାକୁଆ ଜାଉ ଖାଇଥିଲେ । କିନ୍ତୁ ଜାଉ ୩-୪ଦିନର ବାସି ହୋଇଥିବାରୁ ତାହା ବିଷାକ୍ତ ହୋଇଯାଇଥିଲା । କେବଳ ସେତିକି ନୁହେଁ ଯେଉଁ ୩ଜଣ ମହିଳା ପ୍ରାଣ ହରାଇଛନ୍ତି ସେମାନେ ଖାଦ୍ୟାଭାବର ଶିକାର ହେବା ଖବର ମଧ୍ୟ ସତ ନୁହେଁ । କାରଣ ସମ୍ପୃକ୍ତ ମହିଳାମାନେ କିଏ ୧୧ଏକର ତ କିଏ ୧୪ଏକର ଜମିର ମାଲିକ । ଗତ ୨୦୨୩-୨୪ ଖରିଫବର୍ଷରେ ସେମାନେ ସରକାରଙ୍କୁ ଧାନ ମଧ୍ୟ ବିକ୍ରି କରିଛନ୍ତି । ତାଙ୍କ ପରିବାରରେ ଜଣେ ସଦସ୍ୟ ବିଏସଏଫରେ ମଧ୍ୟ ଚାକିରି କରିଛନ୍ତି । ତେଣୁ ଦାରିଦ୍ର ?ୟ ଯୋଗୁ ଅନାହାରରେ ପ୍ରାଣ ହରାଇବା ଘଟଣା ସତ ନୁହେଁ ।

## ଫାର୍ମା କମ୍ପାନୀର ଲ୍ୟାବରୁ ବିଷାକ୍ତ ଗ୍ୟାସ୍ ଲିକ: ଜଣେ ମୃତ, ୮ ହସ୍ପିଟାଲରେ ଭର୍ତ୍ତି



ଭୁବନେଶ୍ୱର,୨୭।୧୧(ପି.ଏନ): ଆନ୍ଧ୍ର ପ୍ରଦେଶର ଅଙ୍କାପାଲ୍ଲି ଜିଲ୍ଲାରେ ବଡ ଅଘଟଣ ଘଟିଛି। ଏଠାରେ ଥିବା ଗୋଟିଏ ଫାର୍ମା କମ୍ପାନୀର ଲ୍ୟାବରୁ ବିଷାକ୍ତ ଗ୍ୟାସ ଲିକ ହୋଇଛି। ଏଥିରେ ବର୍ତ୍ତମାନ ସୁଦ୍ଧା ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ୮ ଜଣ ଗୁରୁତର ହୋଇଛନ୍ତି। ସେମାନଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ହସ୍ପିଟାଲରେ ଚିକିତ୍ସିତ ହେଉଥିବା ଲୋକମାନେ ଶ୍ୱାସକ୍ରିୟାରେ ସମସ୍ୟା ଅନୁଭବ କରୁଥିବା ଜଣାପଡିଛି।ପ୍ରାଥମିକ ସୂଚନା ଅନୁସାରେ, ହାଇଡ୍ରୋକ୍ଲୋରିକ ଓ କ୍ଲୋରିନ ବିଷାକ୍ତ ଗ୍ୟାସ ସହ ମିଶ ଲିକ ହୋଇଛି। ଅଙ୍କାପାଲ୍ଲିର ପାରାୱାଡା ସ୍ଥିତ ଟାଗୋର ଲ୍ୟାବରେ ଏପରି ଘଟଣା ଘଟିଛି। ଗ୍ୟାସ ଲିକ ଯୋଗୁ ଲ୍ୟାବରେ କାମ କରୁଥିବା ୧୧ ଜଣ କର୍ମଚାରୀ ଅସୁସ୍ଥ ହୋଇପଡିଥିଲେ।

## ରାଜଧାନୀରେ ୪୦ ହଜାର ଟଙ୍କାରେ ବିକ୍ରି ହେଲା ୪ ବର୍ଷର ଝିଅ; ମଧ୍ୟସ୍ଥି ମାଲାମାଲ୍



ଭୁବନେଶ୍ୱର,୨୭।୧୧(ପି.ଏନ):ବଡ ସହରରେ ବଡ ଖବର। ୪୦ ହଜାର ଟଙ୍କାରେ ବିକ୍ରି ହେଲା ୪ ବର୍ଷର ଝିଅ। ଦାରିଦ୍ର୍ୟତା ପାଇଁ ନୁହେଁ, ବରଂ ପାରିବାରିକ ଗଣ୍ଡଗୋଳ ପାଇଁ ବିହାରୀ ଦମ୍ପତି ନିଜ ଝିଅକୁ ବିକ୍ରି କରିଥିବା ଅଭିଯୋଗ ହେଉଛି। ଆଉ ଏହି ପିଲା ବିକ୍ରିରେ ମଧ୍ୟସ୍ଥି ସାଜିଥିବା ଦଲାଲ୍ ?ମାନେ ମାଲାମାଲ ହୋଇଥିବା ଚର୍ଚ୍ଚା ହେଉଛି। ରାଜଧାନୀ ଭୁବନେଶ୍ୱରରେ ଏପରି ଲଜ୍ଜାଜନକ ଘଟଣା ଘଟିଛି।ପୂରା ଘଟଣା ଏମିତି। ବିହାର ରାଜ୍ୟର ଶୁବୋଧ ଶର୍ମା ଜଣେ କାଠ ମିସ୍ତ୍ରୀ। ତାଙ୍କ ପ୍ରଥମ ସ୍ତ୍ରୀଙ୍କଠାରୁ ଗୋଟିଏ ଝିଅ ଅଛି। ତା'ର ବୟସ ପ୍ରାୟ ୪ ବର୍ଷ ହେବ। ପରବର୍ତ୍ତୀ ସମୟରେ ସେ ଗୁଡିଆ ଦେ'ଙ୍କୁ ଦ୍ୱିତୀୟ ବିବାହ କରିଥିଲେ। ବିବାହ କରିବା ପରେ ଉଭୟ ସ୍ୱାମୀ-ସ୍ତ୍ରୀ, ଝିଅ(ପ୍ରଥମ ସ୍ତ୍ରୀଙ୍କଠାରୁ ହୋଇଥିବା)କୁ ଓଡିଶା ପଳାଇ ଆସିଥିଲେ। ରାଜଧାନୀ ଭୁବନେଶ୍ୱର ଟଙ୍କପାଣି ଅଞ୍ଚଳରେ ଘର ଭଡା ନେଇ ରହୁଥିଲେ। କାଠ କାମରୁ ଯାହା ରୋଜଗାର କରୁଥିଲେ, ସେଥିରେ ଚଳୁଥିଲା ପୂରା ପରିବାର।

## ଦୁଇ ମଦୁଆ, ୨ ବିଚାରପତି ଓ ମଝି ଆକାଶରେ ହାଇଡ୍ରାମା

ଭୁବନେଶ୍ୱର,୨୭।୧୧(ପି.ଏନ): ସେପ୍ଟେମ୍ବର ୧୫ ତାରିଖ। ସୁପ୍ରିମକୋର୍ଟର ୨ ଜଣ ବିଚାରପତି ତାମିଲନାଡୁର କୋଏମ୍ବାଟୁରରୁ ରାତ୍ରୀକାଳୀନ ବିମାନରେ ଚଢ଼ିଥିଲେ। ଜଷ୍ଟିସ ସୂର୍ଯ୍ୟ କାନ୍ତ ଓ ଜଷ୍ଟିସ କେଭି ବିଶ୍ୱନାଥନ ଜଣେ ବିଚାରପତିଙ୍କ ପୁଅଙ୍କ ବାହାଘରରେ ଯୋଗ ଦେଇ ବିମାନରେ ଫେରୁଥିଲେ ।ରବିବାର ରାତିରେ ସେମାନେ ବିମାନରେ ବସିଥିବା ବେଳେ ସୋମବାର ସକାଳେ ସେମାନଙ୍କୁ ଏକାଧିକ ମାମଲାର ଶୁଣାଣି କରିବାର ଥିଲା। ବିମାନ ଦିଲ୍ଲୀ ଆସିବାକୁ ୩ ଘଣ୍ଟାର ସମୟ ଲାଗିବାକୁ ଥିବାରୁ ଉଭୟ ବିଚାରପତି ନିଜର ଆଇପ୍ୟାଡ ମାଧ୍ୟମରେ ମାମଲାଗୁଡିକ ସମ୍ପର୍କରେ ଆଲୋଚନା କରିବାକୁ ନିଷ୍ପତ୍ତି ନେଇଥିଲେ। ବିମାନରେ ଚଢ଼ିବା ସମୟରେ ସେମାନେ ଭାବିଥିଲେ ଯେ ଏହା ଅନ୍ୟତମ ସ୍ୱାଭାବିକ ଯାତ୍ରା। କିନ୍ତୁ ସେମାନଙ୍କ ଧାରଣା ଭୁଲ ଥିଲା।ବିମାନରେ ଅସ୍ୱାଭାବିକ ବ୍ୟବହାର କରୁଥିବା ଯାତ୍ରୀଙ୍କ ପାଇଁ କଠୋର ଗାଇଡଲାଇନ ଆଣିବାକୁ ହୋଇଥିବା ଆବେଦନ ଶୁଣାଣି ମଙ୍ଗଳବାର ହୋଇଥିଲା। ଏହି ସମୟରେ ଜଷ୍ଟିସ ବିଶ୍ୱନାଥନ ସେପ୍ଟେମ୍ବର ୧୫ ତାରିଖ ଘଟଣା ସମ୍ପର୍କରେ କହିଥିଲେ। ବିମାନ ଯାତ୍ରା ସମୟରେ ୨ ଜଣ ମଦୁଆ ଯାତ୍ରୀ ମଝି ଆକାଶରେ କେମିତି ଡ୍ରାମା କରିଥିଲେ, ତା' ଉପରୁ ପରଦା ହଟାଇଛନ୍ତି।

## ଅଙ୍ଗନବାଡି କର୍ମଚାରୀଙ୍କଠାରୁ ଲାଞ୍ଚ ନେବା ବେଳେ ମାଡିବସିଲା ଭିଜିଲାନ୍ସ



ଗଞ୍ଜାମ,୨୭।୧୧(ପି.ଏନ): ଭିଜିଲାନ୍ସ ଜାଲରେ ସିଡିପିଓ । ଗଞ୍ଜାମ ବେଗୁନିଆପଡା ସିଡିପିଓ ସନ୍ଧ୍ୟାରାଣୀ ପାଣିଗ୍ରାହୀଙ୍କ ଉପରେ ଲଗାମ ଖଞ୍ଜିଛି ରାଜ୍ୟ ଦୁର୍ନୀତି ନିବାରଣ ସଂସ୍ଥା । ଜଣେ ଆଙ୍ଗନାବାଡି କର୍ମୀଙ୍କ ଏରିଅର ଅର୍ଥ ରିଲିଜ କରିବାକୁ ୧୨ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ କାବୁ କରିଛି ସଂସ୍ଥା ।ଗଞ୍ଜାମ ଜିଲ୍ଲା ବେଗୁନିଆପଡାର ସିଡିପିଓ ସନ୍ଧ୍ୟାରାଣୀ ପାଣିଗ୍ରାହୀ ଜଣେ ଅଙ୍ଗନବାଡି କେନ୍ଦ୍ରର କର୍ମଚାରୀଙ୍କ ଏରିୟର ଅର୍ଥ ରିଲିଜ କରିବାକୁ ୧୨ ହଜାର ଟଙ୍କା ମାଗିଥିଲେ । ଅଧିକାରୀଙ୍କ ଅବୈଧ ଦାବିକୁ ନେଇ ଉକ୍ତ କର୍ମଚାରୀ ଭିଜିଲାନ୍ସରେ ଅଭିଯୋଗ କରିଥିଲେ । ଆଜି ଅଭିଯୋଗକାରୀ ୧୨ ହଜାର ଟଙ୍କା ନେଇ ତାଙ୍କ ବେଗୁନିଆପଡା ଅଫିସରେ ଦେବା ବେଳେ ଆଗରୁ ସେଠାରେ ଛକି ବସିଥିବା ଅଧିକାରୀ ମାଡାମଙ୍କୁ ମାଡୁବସିଥିଲେ। ବାବୁଆଣୀଙ୍କଠାରୁ ସମସ୍ତ ଲାଞ୍ଚ ଟଙ୍କା ଜବତ କରିବା ସହ ସନ୍ଧ୍ୟାରାଣୀଙ୍କ ତିନୋଟି ସ୍ଥାନରେ ଭିଜିଲାନ୍ସ ରେଡ କରୁଛି । ତାଙ୍କ ବିରୋଧରେ ୨୦୧୮ ଭିଜିଲାନ୍ସ ସଂଶୋଧନ ଆକ୍ଟରେ ମାମଲା ରୁଜୁ ହୋଇଛି । ମାମଲାର ତଦନ୍ତ ଚାଲିଥିବା ବେଳେ ସନ୍ଧ୍ୟାରାଣୀଙ୍କ ନିକଟରୁ କେତେ ଆୟବହିର୍ଭୂତ ସମ୍ପତି ଠାବ ହେଉଛି ତାହା ଦେଖିବାକୁ ବାକି ରହିଲା ।

## ଯୁଦ୍ଧଭୂମିର ଭ୍ରମ; ପୁରୀରେ ଘୁଁ ଘୁଁ ଗର୍ଜନ କରୁଛନ୍ତି ଯୁଦ୍ଧ ଟ୍ୟାଙ୍କ



ଭୁବନେଶ୍ୱର,୨୭।୧୧(ପି.ଏନ): ଓଡିଶାରେ ପ୍ରଥମ ଥର ପାଇଁ ପୁରୀ ତଟରେ ଡିସେମ୍ବର ୪ ତାରିଖରେ ପାଳନ ହେବ ନୌସେନା ଦିବସ। ଏଥିରେ ମୁଖ୍ୟଅତିଥି ଭାବରେ ଯୋଗଦେବେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ। ଏଥିପାଇଁ ଆରମ୍ଭ ହୋଇଯାଇଛି କାଉଣ୍ଟଡାଉନ। ରାଷ୍ଟ୍ରପତିଙ୍କ ସମେତ ପ୍ରତିରକ୍ଷା ମନ୍ତ୍ରୀ ଓ ତିନି ସେନାର ମୁଖ୍ୟ ବସିବା ପାଇଁ ବ୍ଲୁ ଫ୍ଲାଗ୍ ବିଚ୍‌ରେ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଥିବା ବେଳେ ଲାଇଟ୍ ହାଉସ୍ ଠାରୁ ଦିଗବାରେଣି ଖୁଣ୍ଟି ଏବଂ ନୀଳାଦ୍ରି ବିଚ୍‌ରୁ ପେଣ୍ଠକଟା ପର୍ଯ୍ୟନ୍ତ ସବୁସ୍ଥାନରେ ଦେଖିହେବ ନୌସେନାର ରଣ କୌଶଳ ।ଯୁଦ୍ଧଭୂମିର ଭ୍ରମ। ଘୁଁ ଘୁଁ ଗର୍ଜନ ସହ ପ୍ରସ୍ତୁତ ହେଉଛି ଯୁଦ୍ଧ ଟ୍ୟାଙ୍କ। ବ୍ଲୁ ଫ୍ଲାଗ ବିଚ୍‌ରେ ନେଭି ଡେ' ପାଳନ ପାଇଁ ଆରମ୍ଭ ହୋଇଯାଇଛି କାଉଣ୍ଟଡାଉନ। ବାହ୍ୟ ଶତ୍ରୁ ଆକ୍ରମଣର ମୁକାବିଲା ସହ ପରାକ୍ରମ ଦେଖାଇବାକୁ କେତେ ସଜାଗ ଭାରତୀୟ ନୌସେନା, ସେନେଇ ପ୍ରଦର୍ଶିତ ହେବ ଦୁଃସାହସିକ ରଣକୌଶଳ। ନୌସେନାର ବୀରତ୍ୱର ବାର୍ତ୍ତା ଦେଇ ପରେଡ୍ କରିବେ ଭାରତୀୟ ନୌସେନା ଯବାନ। ଏଥିପାଇଁ ଜୋରସୋରରେ ଚାଲିଛି ଅଭ୍ୟାସ।









## ଟି ଟାଇମ୍

# ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଓ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଓ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଓ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଓ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଓ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଓ କରିଥିଲେ।

# ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ ।

## ପୁରାଣ କାହାଣୀ

# ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଈଙ୍କ ସହ ତର୍ଥୀ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଈ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବନ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

# ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରଥମ ଥର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାଡ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଥଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

# ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

# ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

# କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଡାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍‌ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।



## ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମୀୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି। ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି। ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା'ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହ ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ନ୍ତର୍ଫ୍ରି ଲଭ କମ୍ୟୁନିଟଓ' କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲା ବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ସ୍ୱାଧୀନତା ସଂଗ୍ରାମର ପିତାମହ-ତିଳକ

ଇଂରେଜ ଶାସନର ରଥଚକ ତଳେ ଭାରତୀୟ ଅର୍ଥନୀତି, ରାଜନୀତି ଓ ସାଂସ୍କୃତିକ ଜୀବନ ଦୟନୀୟ ଅବସ୍ଥାରେ ଥିଲାବେଳେ, କାଳଜୟୀ, ଯଶସ୍ୱୀ, ପ୍ରଜ୍ଞାପୁରୁଷ, ନିର୍ଭିକ ସାମ୍ବାଦିକ, ପ୍ରବୀଣ ରାଜନୀତିଜ୍ଞ, ସତ୍ୟନିଷ୍ଠ ଦେଶପ୍ରେମୀ, ପରମ ପୂଜ୍ୟ, ଦୀନ ଦୁର୍ବଳର ବନ୍ଧୁ ଭାରତୀୟ ସଂସ୍କୃତିର ପୁରୋଧା ଓ ସ୍ୱାଧୀନତାର ପଥପ୍ରଦର୍ଶକ କେଶବ (ବାଲ୍) ଗଙ୍ଗାଧର ତିଳକ ପୁଣ୍ୟାତ୍ମା ଗଙ୍ଗାଧର ତିଳକ (ପନ୍ଥ) ଓ ପାର୍ବତୀ ବାଈଙ୍କ କୋଳମଣ୍ଡନ କରି ୧୮୫୬ ମସିହା ଜୁଲାଇ ୨୩ ତାରିଖରେ ମହାରାଷ୍ଟ୍ରର ରତ୍ନଗିରି ସହରରେ ଚିତପାବନ ବ୍ରାହ୍ମଣ ପରିବାରରେ ଜନ୍ମଗ୍ରହଣ କରିଥିଲେ। ତାଙ୍କର ପ୍ରଥମେ କେଶବ ନାମ ଥିଲା। ପରେ ବାଲ୍ ଡାକ ନାମରେ ତିଳକ ପରିଚିତ ହେଲେ। ପିତାମହ ରାମଚନ୍ଦ୍ରଙ୍କଠାରୁ ବାଲ୍ ଗଙ୍ଗାଧର ୧୮୫୭ର ମହାନ୍ ବିପ୍ଳବ ବିଷୟରେ ଶୁଣିଥିଲେ। ଏହି ଘଟଣା ତାଙ୍କ ଉପରେ ପ୍ରଭାବ ପକାଇଥିଲା। ପିତାମହ ସଂସାର ପରିତ୍ୟାଗ କରି ସନ୍ନ୍ୟାସ ଗ୍ରହଣ କରିବାରୁ ଗଙ୍ଗାଧରଙ୍କ ଉତରୋତର ଶିକ୍ଷା ସମ୍ଭବ ହେଲାନାହିଁ। ତେଣୁ ସେ ମରାଠୀ ବିଦ୍ୟାଳୟରେ ଶିକ୍ଷକତା କରିବା ସମୟରେ ସଂସ୍କୃତ ଶାସ୍ତ୍ର ଅଧ୍ୟୟନ କରି ପାରଦର୍ଶିତା ଲାଭ କଲେ। ଚିପଲୁଙ୍କର ନିବନ୍ଧମାଳାକୁ ତିଳକ ପୂର୍ଣ୍ଣସମର୍ଥନ କରିବାରୁ ଜାତୀୟତା ମନୋଭାବ ବିକଶିତ ହେଲା। ୧୮୭୬-୭୭ରେ ଦାକ୍ଷିଣାତ୍ୟ ଅଂଚଳର ଘୋର ଦୁର୍ଭିକ୍ଷ ବାଳ ଗଙ୍ଗାଧରଙ୍କୁ ପ୍ରଭାବିତ କରିଥିଲା। ମାତୃଭୂମିର ସ୍ୱାଭିମାନ କେବଳ ଶିକ୍ଷା ମାଧ୍ୟମରେ ସୁରକ୍ଷିତ ହୋଇପାରିବାର ଅନୁଭବ ତିଳକ ହିଁ କରିପାରିଥିଲେ। ତେଣୁ ସେ ସାର୍ବଜନୀନ କାକା ଶ୍ରୀ ଗଣେଶ ବାସୁଦେବ ଯୋଷୀଙ୍କ ଦ୍ୱାରା ବିଶେଷ ପ୍ରଭାବିତ ହୋଇଥିଲେ। ଗୋପାଳ ଅଗରକର ଓ ତିଳକ ଦୁଇ ବନ୍ଧୁ ଦେଶବାସୀଙ୍କ ହିତ ପାଇଁ ଜୀବନ ଉତ୍ସର୍ଗ କରିବାକୁ ସଂକଳ୍ପବଦ୍ଧ ଥିଲେ। ତେଣୁ ଦୁଇ ବନ୍ଧୁ ଧାର୍ମିକ, ସାମାଜିକ ଓ ରାଜନୈତିକ ସଂଗଠନଗୁଡ଼ିକରେ ସକ୍ରିୟ ସଂପର୍କ ରକ୍ଷାକରିଥିଲେ। ଅଗରକର ଡେକାନ୍ କଲେଜରୁ ଏମ୍.ଏ. ଓ ତିଳକ ବମ୍ବେ ବିଶ୍ୱବିଦ୍ୟାଳୟରୁ ଆଇନ୍ ଡିଗ୍ରୀ ହାସଲ କରି ଦେଶସେବା ପାଇଁ ନିଜକୁ ସଂପୂର୍ଣ୍ଣ ପ୍ରସ୍ତୁତ କରିପାରିଥିଲେ। ଚିପଲୁ, ଅଗରକର ଓ ତିଳକ ଚିନ୍ତା କଲେ ଶିକ୍ଷା ବିନା ଭାରତରେ ଜନବିପ୍ଳବ ସମ୍ଭବ ନୁହେଁ। ତେଣୁ ସେମାନେ ୧୮୮୦ ସାଲ ଜାନୁୟାରୀ ୧ ତାରିଖରେ ନିଉ ଇଂଲିଶ ସ୍କୁଲ୍ ନାମକ ଶିକ୍ଷାନୁଷ୍ଠାନ ସ୍ଥାପନ କଲେ। ବିଦ୍ୟାଳୟ ପରିଦର୍ଶନରେ ହଂଟର ସାହେବ ଯେଉଁ ମନ୍ତବ୍ୟ ଦେଲେ ତାହା ଅତ୍ୟନ୍ତ ଉତ୍ସାହଜନକ ଥିଲା। ତେଣୁ ପ୍ରତିଷ୍ଠାତାମାନେ ଉଚ୍ଚଶିକ୍ଷାର ଅଧିକ ପ୍ରସାର କରିବାକୁ ଆଗଭର ହେଲେ। ଡେକାନ୍ ଶିକ୍ଷା ସମିତି ଆନୁକୂଲ୍ୟରେ ନିଉ ଇଂଲିଶ ସ୍କୁଲ୍ ଓ ଫର୍ଗୁସନ କଲେଜ ମହାରାଷ୍ଟ୍ରର ଉଚ୍ଚଶିକ୍ଷା କ୍ଷେତ୍ରରେ ବିଶେଷ ମହତ୍ୱପୂର୍ଣ୍ଣ ଥିଲା। ସମିତି ସଭ୍ୟମାନଙ୍କ ସହିତ ବିତର୍କ ଓ ମତାନ୍ତର ଯୋଗୁଁ ତିଳକ ଇସ୍ତଫା ଦେଇଥିଲେ।

ପରାଧୀନ ଭାରତୀୟ ଜନସାଧାରଣଙ୍କର ଆଭିମୁଖ୍ୟ ଓ ମତକୁ ସରକାରଙ୍କ ପାଖରେ ଉପସ୍ଥାପନ କରିବା ପାଇଁ, ତିଳକ ୧୮୮୧ ରେ ମରାଠୀ ସମ୍ବାଦ ପତ୍ର 'କେଶରୀ' ଓ ଇଂରାଜୀ ସମ୍ବାଦପତ୍ର 'ଦି ମରାଠା' ଉଭୟ ସାପ୍ତାହିକ ପତ୍ରିକା ପ୍ରକାଶ କରିଥିଲେ। କେଶରୀର ସମ୍ପାଦକ ଥିଲେ ଅଗରକର ଓ ଦି ମରାଠାର ସମ୍ପାଦକ ଦାୟିତ୍ୱ ତିଳକ ସ୍ୱୟଂ ଗ୍ରହଣ କରିଥିଲେ। ଉଭୟ ପତ୍ରିକା ମରାଠାମାନଙ୍କ ଭିତରେ ଜାତୀୟ ଚେତନା ଓ ରାଜନୀତିକ ଜାଗୃତି ସୃଷ୍ଟି କରିବାରେ ସଫଳ ହୋଇଥିଲା। ତିଳକ ଜାତୀୟ ଜନଜୀବନର ସମସ୍ୟାମାନ ଉପସ୍ଥାପନ କରି ମରାଠୀ ସାହିତ୍ୟର ଉନ୍ନତି ଓ ବିକାଶରେ ମଧ୍ୟ ସହାୟକ ହୋଇଥିଲେ। ଅଗରକର ସମ୍ପାଦକ ପଦରୁ ଓହରିଯିବାରୁ ତିଳକ ଉଭୟ ପତ୍ରିକାର ସମ୍ପାଦକ ଦାୟିତ୍ୱ ଗ୍ରହଣ କରିଥିଲେ।

ପାଶ୍ଚାତ୍ୟ ସଭ୍ୟତାର ଅନ୍ଧାନୁକରଣକୁ ତିଳକ ପସନ୍ଦ କରୁ ନଥିଲେ। ପ୍ରାଚୀନ ଭାରତୀୟ ସଂସ୍କୃତିକୁ ପ୍ରଚଳନ ଓ ନାରୀଶିକ୍ଷା ଉପରେ ତିଳକ ଗୁରୁତ୍ୱ ଦେଉଥିଲେ। ବିବାହ ପାଇଁ ବାଳିକାଙ୍କ ବୟସ ୧୬ ବର୍ଷ ଓ ବାଳକଙ୍କ ବୟସ ୨୧ ବର୍ଷ ଉଚିତ ମନେକରିଥିଲେ। ୪୦ ବର୍ଷ ପରେ ପୁରୁଷ ଦ୍ୱିତୀୟ ବିବାହ କରିବା ଅନୁଚିତ। ଯଦି ସେ ପୁନଃବିବାହ ଚାହାନ୍ତି, ତେବେ ସେ କୌଣସି ବିଧବାକୁ ପତ୍ନୀ ରୂପେ ଗ୍ରହଣ କରିବା ଉଚିତ ହେବ। ତିଳକ ନିଜେ ଅସ୍ପୃଶ୍ୟତାର ବିରୋଧୀ ଥିଲେ। ହିନ୍ଦୁଧର୍ମର ମହତ୍ୱକୁ ସେ ଅତି ଗର୍ବର ସହିତ ପ୍ରଚାର କରୁଥିଲେ। ସରକାରୀ ଆଇନ ଦ୍ୱାରା ସମାଜ ସଂସ୍କାର ପ୍ରବର୍ତ୍ତନକୁ ତିଳକ ବିରୋଧ କରୁଥିଲେ। ସାର୍ବଜନୀନ ସଭାର ନୂତନ ସଂପାଦକ ରୂପେ ଗୋପାଳକୃଷ୍ଣ ଗୋଖଲେ ମନୋନୀତ ହେଲେ। ଏହି ନିଯୁକ୍ତିର ବୈଧତା ଉପରେ ତିଳକ ପ୍ରଶ୍ନ କରିବାରୁ ବିବାଦ ଉପୁଜିଲା। ତେଣୁ ତିଳକ କେବଳ ସୋସାଇଟିରୁ ଇସ୍ତଫା ଦେଲେ।

୧୮୮୫ ଡିସେମ୍ବର ୨୮ରେ ବମ୍ବେରେ ଥିବା ତେଜପାଲ ସଂସ୍କୃତ ମହାବିଦ୍ୟାଳୟରେ ରାଷ୍ଟ୍ରୀୟ କଂଗ୍ରେସର ସ୍ଥାପନା ହେଲା। ବମ୍ବେ ପ୍ରଦେଶ ଶାଖାର ବାର୍ଷିକ ଅଧିବେଶନରେ ତିଳକ ଅଂଶଗ୍ରହଣ କରି ମରାଠାଭାଷୀ ଜନସାଧାରଣଙ୍କର ବିଭିନ୍ନ ସମସ୍ୟା ଉପରେ ଆଲୋକପାତ କରିଥିଲେ। ଇଂରେଜ ସରକାରଙ୍କ 'ଡିଭାଇଡ୍ ଆଣ୍ଡ ରୁଲ' ନୀତି ଯୋଗୁଁ ବମ୍ବେ ଓ ପୁନେରେ ସାଂପ୍ରଦାୟିକ ଦଙ୍ଗା ଘଟି ନିରୀହ ଜନତାର ପ୍ରାଣହାନୀ ଘଟିଲା। ତିଳକ କଠୋର ଭାବରେ ସମାଲୋଚନା କରି ଇଂରେଜମାନଙ୍କର ଚକ୍ଷୁଶୂଳ ହେଲେ। ସାର୍ ଚିରୋଲ୍ 'ଇଣ୍ଡିଆନ୍ ଅନ୍‌ରେଷ୍ଟ' ନାମକ ପୁସ୍ତକରେ ତିଳକଙ୍କୁ ସାଂପ୍ରଦାୟିକତା ଦୋଷରେ ଅଭିଯୁକ୍ତ କରିଥିଲେ। ତାହା ଥିଲା ଦୁର୍ଭାଗ୍ୟଜନକ। ତିଳକ ଗଣପତି ଓ ଶିବାଜି ଉତ୍ସବ ମାଧ୍ୟମରେ ମହାରାଷ୍ଟ୍ରକୁ ଏକତ୍ରିତ କରିବାରେ ସଫଳ ହୋଇଥିଲେ।

୧୮୯୧ରେ 'ଆର୍ମସ୍ ଆକ୍ଟ' ଉପରେ ପ୍ରସ୍ତାବ ରଖି ଯେଉଁ ଭାଷଣ ଦେଲେ, ତାହା ତାଙ୍କୁ ସର୍ବଭାରତୀୟ ନେତା ରୂପେ ମାନ୍ୟତା ଦେଇଥିଲା। ୧୮୯୪ରେ ତିଳକ ବମ୍ବେ ବିଶ୍ୱବିଦ୍ୟାଳୟରେ ସିନେଟ୍‌ର ଫେଲୋ ମନୋନୀତ ହେଲେ। ତା' ପରବର୍ଷ ପୁନା ନଗରପାଳିକାର ପରିଷଦ ପଦପାଇଁ ନିର୍ବାଚିତ ହୋଇ କାର୍ଯ୍ୟକାରୀ ପରିଷଦର ସଦସ୍ୟ ହୋଇଥିଲେ। ୧୮୯୫ ମସିହାରେ ବିଧାନ ପରିଷଦର ସଦସ୍ୟ ପଦରେ ନିର୍ବାଚିତ ହେଲେ। ରାଷ୍ଟ୍ରୀୟ କଂଗ୍ରେସର ପ୍ରମୁଖ ନେତା ଥିଲେ ଆଲାନ୍ ଅକ୍ଟାଭିଆନ୍ ହ୍ୟୁମ୍, ତାଙ୍କୁ ପୂର୍ଣ୍ଣ ସମର୍ଥନ ଦେଉଥିଲେ ତିଳକ। ହ୍ୟୁମ୍ କିନ୍ତୁ ଇଂଲଣ୍ଡରେ ବିଶ୍ୱାସଘାତକ ବୋଲି ଚିତ୍ରିତ ହେଲେ।

୧୮୯୬-୯୭ରେ ଏକ ଭୟଙ୍କର ଦୁର୍ଭିକ୍ଷ ମହାରାଷ୍ଟ୍ରରେ ଦେଖାଦେଲା। ତିଳକ ବିଭିନ୍ନ ଗ୍ରାମ ଓ ଜିଲ୍ଲାମାନ ଗସ୍ତ କରି ରିଲିଫ୍ ଓ ଆର୍ଥିକ ସାହାଯ୍ୟ ଦେବା ଆରମ୍ଭ କରିଦେଲେ। ଦୁର୍ଭିକ୍ଷ ସହିତ ପ୍ଲେଗ୍ ମହାମାରୀ ଜନଜୀବନକୁ ଅସ୍ତବ୍ୟସ୍ତ କରିଦେଲା। ୧୮୯୭ ମାର୍ଚ୍ଚରେ ଏକ କମିଟି ଗଠନ ହେଲା। ତାହାର ଅଧ୍ୟକ୍ଷ ଭାବେ ରେଣ୍ଡ ନିଯୁକ୍ତ ହେଲେ। ଏହି କମିଟି ଲୋକମାନଙ୍କର କିଛି କାମରେ ଲାଗିଲା ନାହିଁ। ତିଳକ ନିଜ ପକ୍ଷରୁ ସ୍ୱେଚ୍ଛାସେବୀ କେନ୍ଦ୍ରମାନ ସ୍ଥାପନ କରିଥିଲେ। ଏହି ସ୍ୱେଚ୍ଛାସେବୀମାନେ ପ୍ରତିଷେଧକ ବ୍ୟବସ୍ଥା ଅନୁସରଣ କରିବା ସହିତ ଲୋକମାନଙ୍କୁ ଆତଙ୍କିତ ନହେବା ପାଇଁ ପରାମର୍ଶ କାର୍ଯ୍ୟରେ ଲାଗିପଡ଼ିଲେ। ୧୮୯୭ ଜୁନ୍ ୨୨ ମଧ୍ୟରାତ୍ରରେ ପୁନାସ୍ଥ ଗଭର୍ଣ୍ଣର ହାଉସ୍‌ରୁ ଏକ ରାତ୍ରିଭୋଜନ ସାରି ତିଳକ ସ୍ୱଗୃହକୁ ଫେରିବା ସମୟରେ ଅଜଣା ଦୁର୍ବୃତମାନେ ରେଣ୍ଡ ସାହେବ ଓ ତାଙ୍କ ଅଙ୍ଗରକ୍ଷୀ ଲେଫ୍ଟନାଂଟ ଆୟବର୍ଟକୁ ହତ୍ୟା କରିଦେଲେ। ଏହି ଘଟଣାରେ ଦାମୋଦର ଚିପଲୁ ଫାଶୀଦଣ୍ଡ ପାଇଥିଲେ। ତିଳକ ନର୍ଦ୍ଦୋଷ ଥିଲେ ମଧ୍ୟ ପିଙ୍ଗଲ କୋଡ୍‌ର ୧୨୪ (କ) ଧାରାରେ ଅଭିଯୁକ୍ତ ହେଲେ। ତାଙ୍କୁ ୧୮ ମାସ ସଶ୍ରମ କାରାଦଣ୍ଡ ଆଦେଶ ଦିଆଗଲା। ଭାରତୀୟ ନେତାମାନେ ଆପତି ଉଠାଇଲେ। ସାଂସଦ ଉଇଲିୟମ୍ ହଂଟର ଓ ପ୍ରଫେସର୍ ମ୍ୟାକସ୍ ମୁଲ୍ଲର ଇଂରେଜ ସରକାରଙ୍କ ଉପରେ ଚାପ ପକାଇବାରୁ ୧୮୯୮ ସେପ୍ଟେମ୍ବର ୭ରେ ତିଳକ ଜେଲ୍‌ରୁ ମୁକ୍ତ ହେଲେ। ଏହାପରେ ସେ ଲୋକମାନ୍ୟ ତିଳକ ନାମରେ ଅଭିହିତ ହୋଇ ସାରା ଭାରତର ପ୍ରିୟନେତା ଭାବରେ ସ୍ୱୀକୃତିଲାଭ କଲେ। ପୁନା ଜେଲ୍‌ରେ ବୈଦିକ ଆର୍ଯ୍ୟ ସଭ୍ୟତା ଅଧ୍ୟୟନ କରି 'ଦି ଆର୍କଟିକ୍ ହୋମ୍ ଇନ୍ ଦି ବେଦସ୍' ପ୍ରକାଶ କରିଥିଲେ।

୧୯୦୬ କଲିକତା କଂଗ୍ରେସ୍ ଅଧିବେଶନରେ ପ୍ରାୟ ଦୁଇହଜାର ପ୍ରତିନିଧି ଓ ୧୦ ହଜାର ଦୈନିକ ଉପସ୍ଥାନରୁ କମ୍ ନଥିଲା। ପ୍ରଥମ ଥର ପାଇଁ ଏହି ଅଧିବେଶନରେ କଂଗ୍ରେସ ସ୍ୱରାଜ ଦାବି କରିବା ଏକ ଗୁରୁତ୍ୱପୂର୍ଣ୍ଣ ସିଦ୍ଧାନ୍ତ ଥିଲା। ଚରମପନ୍ଥୀ ଓ ନରମପନ୍ଥୀ ଗୋଷ୍ଠୀବିବାଦ ଯୋଗୁ ତିଳକ ୧୯୦୭ ଜାନୁୟାରୀ ୨ ତାରିଖରେ କଲିକତାରେ କହିଥିଲେ, ଆଜି ଯିଏ ଚରମପନ୍ଥୀ କାଲି ହୁଏତ ନରମପନ୍ଥୀ ହୋଇପାରେ। ତୁମେ ଯଦି ସ୍ୱାଧୀନ ହେବାକୁ ଚାହଁ, ସ୍ୱାଧୀନ ହୋଇପାରିବ, ନଚେତ ସବୁଦିନ ପାଇଁ ପରାଧୀନ ରହିବ। ତୁମେ ଅସ୍ତ୍ରଧାରଣ କରିବାକୁ ସମର୍ଥ ନୁହଁ। ତେବେ ଇଂରେଜ ସରକାର ବିରୁଦ୍ଧରେ ଅହିଂସାତ୍ମକ ଅସହଯୋଗ ଆନ୍ଦୋଳନ ତ କରିପାରିବ ! ବିଦେଶୀ ପଦାର୍ଥ, ଅନୁଷ୍ଠାନ ଓ କରକୁ ବର୍ଜନ କର, ଐକ୍ୟବଦ୍ଧ ହୋଇ କରିପାରିବ ତ' କାଲି ତୁମେ ସ୍ୱାଧୀନ ହେବ। କଲିକତା ଅଧିବେଶନରେ ବଙ୍କିମ୍‌ଚନ୍ଦ୍ରଙ୍କର 'ବନ୍ଦେ ମାତରମ୍' ଜାତୀୟ ସଙ୍ଗୀତ ରୂପେ ମାନ୍ୟତା ଲାଭ କଲା। ବର୍ମାରୁ ଜେଲ୍‌ଦଣ୍ଡ ଭୋଗ କରି ତିଳକ ସୁରତ ଅଧିବେଶନରେ ଯୋଗ ଦେଇଥିଲେ। ଏହି ଅଧିବେଶନରେ ପ୍ରଥମ ଦିନରୁ ବିଶୃଙ୍ଖଳା ଆରମ୍ଭ ହୋଇଗଲା। ବିଶୃଙ୍ଖଳା ଚରମସୀମାରେ ପହଂଚିଲା। କଂଗ୍ରେସ୍ ଇତିହାସରେ ସୁରତ ବିଭାଜନ ବୋଲି ଅଭିହିତ କରାଯାଏ। ତିଳକ ଓ ଲଜପତ ରାୟଙ୍କ ଭଳି ଉଗ୍ର ଜାତୀୟବାଦୀ କଂଗ୍ରେସ ସ୍ରୋତରୁ ଭିନ୍ନ ରହିଗଲେ। ତିଳକ ମିଳାମିଶା ପାଇଁ ପଦକ୍ଷପ ନେଇଥିଲେ। ତିଳକ ଜାତୀୟ କଂଗ୍ରେସ୍ ବଦଳରେ ଆଂଚଳିକ କଂଗ୍ରେସ୍ ସମ୍ମିଳନୀ ଅକୋଲା ସହରରେ ଆୟୋଜନ କଲେ। ସେଠାରେ ସେ କହିଥିଲେ ଯେ ସ୍ୱତନ୍ତ୍ରତା ଆମର ଜନ୍ମସିଦ୍ଧ ଅଧିକାର।

୧୯୦୮ରେ ପୁନାର ଏକ ଜନସଭାରେ ମଦ୍ୟପାନ ବିରୋଧରେ ସେ ସ୍ୱରଉତୋଳନ କରିଥିଲେ। ଗୋଖଲେ ଓ ଭଣ୍ଡାରକର ସହଯୋଗରେ ତିଳକ ସମଗ୍ର ମହାରାଷ୍ଟ୍ରର ମଦଦୋକାନ ଆଗରେ ଆନ୍ଦୋଳନ କଲେ। ଏହି ସମୟରେ ମୁଜାଫରପୁରରେ ଜଜ୍ କିଙ୍ଗ୍‌ସଫୋର୍ଡ଼ଙ୍କ କାର୍ ଉପରେ ବୋମା ଫିଙ୍ଗା ଘଟଣାରେ ଦୁଇଜଣ ଇଂରେଜ ମହିଳା ମୃତ୍ୟୁବରଣ କରିଥିଲେ। କେଶରୀ ପତ୍ରିକାରେ 'ଦେଶ୍‌କା ଦୁର୍ଭାଗ୍ୟ' ଲେଖା ପାଇଁ ରାଷ୍ଟ୍ରଦ୍ରୋହ ଅପରାଧରେ ତିଳକ ଗିରଫ ହେଲେ। ଦୁଇ ଅଭିଯୋଗ ପାଇଁ ତିନିବର୍ଷ ଜେଲ୍‌ଦଣ୍ଡ ଏବଂ ତୃତୀୟ ଅଭିଯୋଗ ପାଇଁ ଏକ ହଜାର ଟଙ୍କା ଅର୍ଥଦଣ୍ଡ। ହାଇକୋର୍ଟରେ ତୃତୀୟ ଅଭିଯୋଗରୁ ତିଳକ ନିର୍ଦ୍ଦୋଷ ସାବ୍ୟସ୍ତ ହୋଇଥିଲେ ଏବଂ



ସଶ୍ରମ ଜେଲ୍‌ଦଣ୍ଡ ବଦଳରେ ସାଧାରଣ ଜେଲଦଣ୍ଡ ମିଳିଲା। ସେଥିପାଇଁ ସରକାର ସାବରମତୀ ଜେଲରୁ ଜଳପଥରେ ରେଙ୍ଗୁନ୍‌ର ମାଣ୍ଡାଲେ ଜେଲ୍‌ଖାନାକୁ ପଠାଇଦେଲେ। ଜନମତ ନିର୍ବିଶେଷରେ ସଭିଏଁ ତିଳକଙ୍କ ପ୍ରତି ହୋଇଥିବା ଅନ୍ୟାୟ ଦଣ୍ଡାଦେଶକୁ ନିନ୍ଦା କରିଥିଲେ। ଏପରିକି ଇଂଲଣ୍ଡର ହେନରୀ କଟନ, ହାଇଣ୍ଡମ୍ୟାନ, କିର୍ ହାର୍ଡ଼ି ଏବଂ ମୋରଲେ ଆଦି ବିଶିଷ୍ଟ ବ୍ୟକ୍ତିଗଣ ଓ ଇଂରାଜୀ ସମ୍ବାଦପତ୍ର ମାଂଚେଷ୍ଟାର ଗାର୍ଡ଼ିୟାନ୍ ତିଳକଙ୍କ ବର୍ବରୋଚିତ ଶାସ୍ତି ବିରୋଧରେ ମତବ୍ୟକ୍ତ କରିଥିଲେ। ଦାଦାସାହେବ ଖାପର୍ଦେ ପ୍ରିଭି କାଉନ୍‌ସିଲରେ ତିଳକଙ୍କ ମୁକ୍ତି ପାଇଁ ଆବେଦନ କରିଥିଲେ। ଆବେଦନ ନାମଂଜୁର ହୋଇଗଲା। ବର୍ମାର ମାଣ୍ଡାଲେ କେନ୍ଦ୍ର ଜେଲ୍‌ରେ ଦୁଇମହଲା ବିଶିଷ୍ଟ ୨୦ଫୁଟ୍ X ୧୨ଫୁଟ କାଠରେ ତିଆରି ଘରେ ରହୁଥିଲେ। ତାଙ୍କ ସାଙ୍ଗରେ ପାଚକ କୁଲକର୍ଣ୍ଣି ରହୁଥିଲେ। କୁଲକର୍ଣ୍ଣି ଅସୁସ୍ଥ ହେଲେ, ତିଳକ ତାଙ୍କ ସେବା କରିଥିଲେ। ମାଣ୍ଡାଲେଠାରେ ସେ ଜର୍ମାନ ଓ ପାଲୀ ଭାଷା ସାହିତ୍ୟରେ ବିଶେଷ ଅଧ୍ୟୟନ କରିଥିଲେ। ତାଙ୍କର ଗବେଷଣାମୂଳକ କୃତି 'ଦି ଓରିୟନ' ଥିଲା। ମାଣ୍ଡାଲେ ଜେଲରେ ଥିବା ସମୟରେ, ୧୯୧୨ ଜୁନ୍ ୭ରେ ତାଙ୍କ ପତ୍ନୀ ଦୁଇପୁତ୍ର ଓ କନ୍ୟା ସନ୍ତାନ ଛାଡ଼ି ଇହଲୀଳା ତ୍ୟାଗ କଲେ। ଭଣଜା ଧୋଣ୍ଡୋ ଯଥାରୀତି କ୍ରିୟାକର୍ମ କରିଥିଲେ। ପତ୍ନୀଙ୍କ ମୃତ୍ୟୁପରେ ତିଳକ ମାନସିକ ଦୁଃଖ ଓ ଯନ୍ତ୍ରଣା ସହି ମାଣ୍ଡାଲେରେ ପଡ଼ିରହିଲେ। ୧୯୧୪ ଜୁନ୍ ୮ ତାରିଖରେ ଜେଲ୍ ଅଧ୍ୟକ୍ଷଙ୍କଠାରୁ ତିଳକ ମୁକ୍ତ ହେବାର ସୂଚନା ପାଇଲେ। ଜୁନ୍ ୧୬ ତାରିଖରେ ସେ ନିଜ ବାସସ୍ଥାନ ଗାୟକୱାଡ଼ାରେ ରାତି ଦୁଇଟାରେ ପହଂଚିଥିଲେ। ଦେଶଭକ୍ତ ତିଳକଙ୍କ ଘରବାହୁଡ଼ା ଘଟଣା ଭାରତୀୟଙ୍କ ହୃଦୟରେ ଆନନ୍ଦର ଜୁଆର ଖେଳାଇ ଦେଇଥିଲା।

ଦେଶସେବା ସହିତ ମାତୃଭୂମିକୁ ପରାଧୀନତା କବଳରୁ ଉଦ୍ଧାର କରିବାର ଦୃଢ଼ସଂକଳ୍ପ ତାଙ୍କୁ ମୁକ୍ତି ସଂଗ୍ରାମର ମହାନାୟକ ଭାବରେ ଉଭା କରିଥିଲା। ତିଳକ ପୂର୍ବପରି କ୍ରିୟାଶୀଳ ଓ ଚଳଚଂଚଳ ହୋଇପଡ଼ିଲେ। ତାଙ୍କର ପ୍ରିୟ ଜାତୀୟ ଦଳକୁ ପୁନର୍ଜୀବିତ କରିବାକୁ ଲାଗିପଡ଼ିଲେ। ଏଥିରେ ଆନିବେସାନ୍ତ ତାଙ୍କୁ ସାହାଯ୍ୟ କଲେ। ୧୯୧୪ ଅଗଷ୍ଟରେ ପ୍ରଥମ ବିଶ୍ୱଯୁଦ୍ଧରେ ତିଳକ ଗଣତନ୍ତ୍ରର ପ୍ରତିଷ୍ଠା ଓ ଏକଛତ୍ରବାଦୀ ଶାସନର ବିଲୋପ ପାଇଁ ସରକାରକୁ ସମର୍ଥନ ଜଣାଇଲେ। ତିଳକ ନିଜ ସମର୍ଥକମାନଙ୍କୁ ନେଇ ଶ୍ରୀ ଖାପର୍ଦେଙ୍କ ଅଧ୍ୟକ୍ଷତାରେ 'ହୋମ୍ ରୁଲ୍ ଲିଗ୍' ନାମକ ସମିତି ଗଠନ କରି ୧୯୧୬ ଏପ୍ରିଲ ୨୮ରେ ବେଲ ଗାଁଓ ସହରରେ ଏକ ସମାବେଶ ଆୟୋଜନ କରିଥିଲେ। ବିପୁଳ ସଂଖ୍ୟାରେ ସମର୍ଥକମାନେ ସ୍ୱରାଜ ପାଇଁ ସଂଗ୍ରାମ କରିବାକୁ ଆଗେଇ ଆସିଲେ। ଏହି ସମିତିରେ ସଭାପତି ଯୋଶେଫ ବାପଟିଷ୍ଟା ଓ କେଲକାର୍ ଏବଂ ଡି.ଭି. ଗୋଖଲେ ଦୁଇ ସେକ୍ରେଟାରୀଙ୍କୁ ନେଇ ଅତି ଅଳ୍ପ ସମୟରେ ତାଙ୍କର ଆଦର୍ଶକୁ ସର୍ବଭାରତୀୟ ସ୍ତରରେ ବ୍ୟାପକ କରିପାରିଥିଲେ। ପୁନାର ଜିଲ୍ଲାପାଳ 'ହୋମ୍ ରୁଲ୍' ଦ୍ୱାରା ଆତଙ୍କିତ ହୋଇ ତିଳକଙ୍କୁ ଚେତାବନୀ ଓ ଗ୍ୟାରେଂଟି ମାଗିଲେ। ଓକିଲ ମହମ୍ମଦ ଅଲ୍ଲି ଜିନ୍ନାଙ୍କ ମାଧ୍ୟମରେ ତିଳକ ହାଇକୋର୍ଟରେ ଅପିଲ କଲେ ଓ ବିଜୟୀ ହେଲେ। ନେହରୁ ତିଳକଙ୍କୁ ସମର୍ଥନ ଜଣାଇଲେ। ୧୯୧୬ ଡ଼ିସେମ୍ବର ଲକ୍ଷ୍ନୌଠାରେ କଂଗ୍ରେସ୍‌ର ବାର୍ଷିକ ଅଧିବେଶନରେ 'ସ୍ୱରାଜ ମୋର ଜନ୍ମଗତ ଅଧିକାର' ସ୍ଲୋଗାନ ଦିଆଗଲା। ବିଭାଜିତ କଂଗ୍ରେସ୍ ଓ ହିନ୍ଦୁ ମୁସଲମାନ ଏକତ୍ରିତ ହୋଇ ସ୍ୱରାଜ ପାଇଁ ଲଢ଼ିବାକୁ ସଂକଳ୍ପ ନେଲେ। ଏକତ୍ରିତ କରିବାରେ ମୁଖ୍ୟଭୂମିକା ତିଳକ ଗ୍ରହଣ କରିଥିଲେ। ତିଳକ ଜନ୍ମଦିନରେ ଏକଲକ୍ଷ ଟଙ୍କାର ଥଳିରୁ ଜାତୀୟ କାର୍ଯ୍ୟ ପାଇଁ ବ୍ୟୟ କରିଥିଲେ। ଔପନିବେଶିକ ସ୍ୱାର୍ଥ ଓ ଆଂଶିକ ରାଜନୀତିକ ଅଧିକାର ଦେବା ଉଦ୍ଦେଶ୍ୟରେ ସରକାର ମଂଟେଗୁ ଚେମ୍‌ସଫୋର୍ଡ଼ ଶାସନ ସଂସ୍କାର ୧୯୧୭ ଅଗଷ୍ଟ ୨୦ରେ ଲଣ୍ଡନରେ ଘୋଷଣା ହେଲା। ଶାସନକୁ ଗତିଶୀଳ କରିବା ଉଦ୍ଦେଶ୍ୟରେ ଭାରତ ବ୍ୟାପାର ମନ୍ତ୍ରୀ ମଂଟେଗୁ ନଭେମ୍ବର ମାସରେ ଭାରତୀୟ ନେତାମାନଙ୍କ ସହିତ ଆଲୋଚନା କଲେ। ଚେମ୍‌ସଫୋର୍ଡ଼ ବଡ଼ଲାଟ ଭାବରେ ତିଳକ ଓ ହୋମରୁଲ୍ ଲିଗ୍‌ର ନେତାମାନଙ୍କ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପରିଶେଷରେ ୧୯୧୮ ଜୁନ୍ ଶେଷରେ ମଂଟେଗୁ ଚେମ୍‌ସ-ଫୋର୍ଡ଼ ସରକାରୀ ଇସ୍ତାହାର ପ୍ରକାଶିତ ହେଲା। ତିଳକ କହିଥିଲେ ପ୍ରଜାତନ୍ତ୍ର ଶାସିତ ଇଂଲଣ୍ଡ ଯାହା ଦେବ, ଆମେ ସ୍ୱୀକାର କରିବା ଏବଂ ଯାହା ନଦେବ ସେଥିପାଇଁ ସଂଘର୍ଷ ଜାରି ରଖିବା। ରାଜନୀତିରେ ତିଳକଙ୍କ ମର୍ଯ୍ୟାଦା ବହୁଭାବରେ ବଢ଼ିଗଲା। ସମ୍ବାଦପତ୍ରରେ ଭାରତର ମୁକୁଟବିହୀନ ସମ୍ରାଟ ଭାବରେ, ତିଳକ ଅଭିହିତ ହୋଇଥିଲେ। ସେ ସର୍ବଦା ଇଂଲଣ୍ଡର ଗଣତନ୍ତ୍ରକୁ ଭାରତରେ ପ୍ରଚଳନ କରାଇବାକୁ ଚାହୁଁଥିଲେ। 'ଇଣ୍ଡିଆନ୍ ଅନ୍‌ରେଷ୍ଟ' ପୁସ୍ତକ ରଚୟିତା ଭେଲେଣ୍ଟାଇନ ଚିରୋଲଙ୍କ ଆପତିଜନକ ଲେଖା ପାଇଁ ତିଳକ ଲଣ୍ଡନ ଯାତ୍ରା କରିଥିଲେ। ଲଣ୍ଡନସ୍ଥ ରାଜାଙ୍କ କୋର୍ଟରେ ମୋକଦ୍ଦମା ଦାୟର ହେଲା। ଚିରୋଲଙ୍କୁ ଇଂରେଜ ସରକାର ସବୁ ସହାୟତା କରିବାରୁ ବିଚାରରେ ଚିରୋଲ ଜୟଲାଭ କଲେ। ପରାଜୟ ସତ୍ତ୍ୱେ ତିଳକ ଭାରତୀୟ ଜନସାଧାରଣଙ୍କ ସମ୍ମାନାସ୍ପଦ ନେତା ଭାବରେ ସ୍ୱୀକୃତି ପାଇଥିବା ବିଷୟ ମହାତ୍ମା ଗାନ୍ଧି ସ୍ୱୀକାର କରିଥିଲେ। ଇଂଲଣ୍ଡରେ ଏକବର୍ଷ ରହି ତିଳକ ଭାରତର ସ୍ୱରାଜ ପାଇଁ ଲଢେଇ ଜାରି ରଖିଲେ। ଆମେରିକା ରାଷ୍ଟ୍ରପତି ଉଇଲସନ ଗଣତନ୍ତ୍ର, ବ୍ୟକ୍ତି ସ୍ୱାଧୀନତା ଓ ପରାଧୀନ ଜାତି ପାଇଁ ସ୍ୱରାଜ ଦେବା ସପକ୍ଷରେ ଚଉଦ ଦଫା ଘୋଷଣାପତ୍ର ପ୍ରକାଶ କଲେ। ଇଂଲଣ୍ଡ ଉପରେ ଏହାର ପ୍ରଭାବ ପଡ଼ିଲା। ସରକାର ତିଳକ ଉପରେ ଥିବା ରାଜନୀତିକ କଟକଣା ହଟାଇଦେଲେ। ୧୯୧୯ ଫେବୃୟାରୀ ୨୫ରେ ତିଳକ 'କେକସ୍‌ଟନ୍ ହଲ୍'ରେ ଭାଷଣଦେଇ କହିଥିଲେ- ଭାରତ ପାଇଁ ସ୍ୱାଧୀନତାର ସ୍ୱାଦ ପାଇବା ସମୟ ଏବେ ଆଗତପ୍ରାୟ। ଜାତୀୟ କଂଗ୍ରେସର ସାପ୍ତାହିକ 'ଇଣ୍ଡିଆ'ର ସଂପାଦକ ହେନରୀ ପୋଲକ ଭାରତ ବିରୋଧୀ ଲେଖାମାନ ପ୍ରକାଶ କରୁଥିବାରୁ ତିଳକ ପ୍ରତିବାଦ କଲେ। ପୋଲକ ସ୍ଥାନରେ ଏନ.ସି. କେଲକାରଙ୍କୁ ସଂପାଦକ ନିଯୁକ୍ତ କରିଥିଲେ ବ୍ରିଟିଶ-ଇଣ୍ଡିଆ କମିଟି।

ଅମୃତସର ଅଧିବେଶନରେ ଗାନ୍ଧିଜୀ ଓ ତିଳକ ମଧ୍ୟରେ ହୋଇଥିବା ଆଲୋଚନା ଅତି ଗୁରୁତ୍ୱପୂର୍ଣ୍ଣ ଥିଲା। ତିଳକଙ୍କ ଆଦର୍ଶ ଭଗବାନ ଶ୍ରୀକୃଷ୍ଣ ଓ ଗାନ୍ଧିଜୀଙ୍କ ଆଦର୍ଶ ବୁଦ୍ଧ ଓ ଯୀଶୁଖ୍ରୀଷ୍ଟ। ତିଳକ ଜଣେ ଶାସ୍ତ୍ରଜ୍ଞ ପଣ୍ଡିତ, ଗାନ୍ଧିଜୀ ଥିଲେ ତପସ୍ୱୀ ସାଧକ। ଉଭୟଙ୍କ ଶ୍ରଦ୍ଧା, ମମତା ଓ ପ୍ରେମ ଥିଲା ଭାରତମାତା ପ୍ରତି। ମେଲେରିଆ ଓ ନିମୋନିଆରେ ଆକ୍ରାନ୍ତ ହୋଇ ଭାରତୀୟ ସ୍ୱାଧୀନତା ସଂଗ୍ରାମର ମହାସେନାପତି ୧୯୨୦ ମସିହା ଜୁଲାଇ ୩୧ ତାରିଖ ମଧ୍ୟରାତ୍ରି ୧୨ଟା ୪୦ ମିନିଟ୍‌ରେ ଶେଷନିଃଶ୍ୱାସ ତ୍ୟାଗ କରିଲେ। ଭାରତର ବରପୁତ୍ର ଲୋକମାନ୍ୟ ବାଲ୍ ଗଙ୍ଗାଧର ତିଳକଙ୍କୁ ମହାତ୍ମାଗାନ୍ଧି, ସୌକତ ଅଲ୍ଲୀ, ଡ଼ଃ କିଚୁଲୁ, ନେହରୁ ଆଦି ନେତାମାନେ କାନ୍ଧରେ ବହେ ଚୌପାଠୀ ଶ୍ମଶାନ ଅଭିମୁଖେ ନେଲେ। ଚନ୍ଦନ କାଠର ଚିତାରେ ସଂଗ୍ରାମୀ ବୀରଙ୍କ ଦାହ ସଂସ୍କାର ହେଲା। ସାରା ଭାରତ ପାଇଁ ଅଗଷ୍ଟ ୧ ଥିଲା ଏକ ଦୁଃଖାତ୍ମକ ଦିବସ। ତିଳକ ଥିଲେ ନବଭାରତର ନିର୍ମାତା। ସେ ଥିଲେ ଭାରତୀୟ ସ୍ୱାଧୀନତା ସଂଗ୍ରାମର ପିତାମହ। ଭାରତର ଗୌରବମୟ ଅତୀତର ପ୍ରତୀକ, ସଂସ୍କୃତିର ପୁରୋଧା, ସ୍ୱାଧୀନତାର ନେତୃପୁରୁଷ ଓ ସ୍ୱାଧୀନତାର ପଥପ୍ରଦର୍ଶକ ଭାବରେ ଚିରସ୍ମରଣୀୟ।

# ତାଲିବାନଙ୍କ ପାପ ପୂଣ୍ୟ ବିଚାର

ଅଗଷ୍ଟ ମାସ ୧୫ ତାରିଖ ଦିନ ଦୁର୍ଦ୍ଦାନ୍ତ ତାଲିବାନ ମାନେ ଆଫଗାନିସ୍ତାନର ରାଜଧାନୀ କାବୁଲ ଅଧିକାର କରି ତାଙ୍କ ଏମିରେଟ ଶାସନର ଦ୍ୱିତୀୟ ପର୍ଯ୍ୟାୟ ଆରମ୍ଭ କରିଛନ୍ତି। ଆଗରୁ ୧୯୯୬ ରୁ ୨୦୦୧ ମସିହା ପର୍ଯ୍ୟନ୍ତ ସେମାନେ ଆଫଗାନିସ୍ତାନର ଶାସନର ପ୍ରଥମ ଅଙ୍କ କାର୍ଯ୍ୟକାରି କରିଥିଲେ । ସେତେବେଳେ ତାଙ୍କର କ୍ରୁର ଶାସନ ପାଇଁ ସାରା ବିଶ୍ୱରେ ସେମାନେ ନିନ୍ଦିତ ହୋଇଥିଲେ ମଧ୍ୟ ତାଲିବାନ ମାନେ ଆଦୌ ଭ୍ରୁକ୍ଷେପ କରିନଥିଲେ । ମାତ୍ର ତିନୋଟି ଦେଶ ପାକିସ୍ତାନ,ସାଉଦୀ ଆରବ ଓ ଆରବ ଏମିରେଟ ତାଙ୍କୁ ସ୍ୱିକୃତି ଦେଇଥିଲେ ।

ବିଶ୍ୱର ଏକ ନମ୍ବର ଆତଙ୍କବାଦୀ, ଆମେରିକାର ଚରମ ଶତ୍ରୁ ଓସମାନ ବିନ ଲାଦେନ କୁ ସେମାନେ ନିଜ ମାଟିରେ ଆଶ୍ରୟ ଦେଇଥିଲେ । ୯/୧୧,୨୦୦୧ ମସିହାରେ ଲାଦେନର ଆଲକାଇଦା ସଂଗଠନର ଆମେରିକାର ନିୟୁର୍କ ଠାରେ ଥିବା ବିଶ୍ୱ ଟ୍ରେଡ ଟାୱାର ଉପରେ ଆକ୍ରମଣରେ ପ୍ରାୟ ୩୦୦୦ ଆମେରିକା ନାଗରୀକଙ୍କ ମୃତ୍ୟୁହେଲା । ଏହାର ପ୍ରତିଶୋଧ ପାଇଁ ଆମେରିକା ଆଫଗାନିସ୍ତାନ ଉପରେ ବିମାନ ଆକ୍ରମଣ କରି ତାଲିବାନ ବିରୋଧି ନର୍ଥନ ଆଲିଆନସଙ୍କ ସାହାଯ୍ୟରେ ତାଲିବାନଙ୍କୁ କ୍ଷମତା ଚ୍ୟୁତ କଲା । ତାଲିବାନ ମାନେ ପାକିସ୍ତାନର ପାହାଡ ଜଙ୍ଗଲରେ ଲୁଚି ରହିଲେ । ଆମେରିକା ସମର୍ଥିତ ଆଲିଆନସ ସରକାର ଉପରେ ଗରିଲା ଆକ୍ରମଣ ଜାରି ରଖିଲେ । ଆମେରିକାର ସମସ୍ତ ଚେଷ୍ଟା ସତ୍ତ୍ୱେ ଆଫଗାନିସ୍ତାନର ଅନେକ ଅ-ଞ୍ଚଳ ନିଜ ଅକ୍ତିଆରକୁ ନେଇଗଲେ । ନିଜର ସୈନ୍ୟଙ୍କର ମୃତ୍ୟୁରେ ବ୍ୟଥିତ ହୋଇ ଆମେରିକା ବାଧ୍ୟ ହୋଇ ତାଲିବାନଙ୍କ ସହ ଏକ ନାମ ମାତ୍ର ଶାନ୍ତି ଚୁକ୍ତି କରି ଆଫଗାନିସ୍ତାନରୁ ବିଦାୟ ନେଲା ଓ ପୁଣି ଥରେ ଆଫଗାନିସ୍ତାନରେ ତାଲିବାନ ଶାସନ ଆରମ୍ଭ ହେଲା ।

ଏଥରକ ତାଲିବାନର ଆଫଗାନିସ୍ତାନ ଅଧିକାର ଅଧିକ କ୍ଷୀପ୍ର ଓ ସଂପୂର୍ଣ୍ଣ ଥିଲା । ଏପର୍ଯ୍ୟନ୍ତ ସେମାନେ ଅଧିକାର କରିପରି ନଥିବା ପାନଶିର ଭାଲି ମଧ୍ୟ ଅଧିକୃତ ହେଲା । ଆଶା କରାଯାଉଥିଲା ଏଥର କ ତାଲିବାନମାନେ ବାସ୍ତବବାଦୀ ହୋଇ ବିଶ୍ୱର ଜନମତକୁ ସମ୍ମାନ ଜଣାଇ କିଛିଟା କୋହଳ ମନୋଭାବ ପ୍ରଦର୍ଶନ କରିବ । ମାତ୍ର କୁକୁର ଲାଙ୍ଗୁଡ ସବୁବେଳେ ବଙ୍କା ଭଳି, ତାଲିବାନମାନେ ଶାସନ ଆରମ୍ଭରୁ ହିଁ ତାଙ୍କ ଅଗଣତାନ୍ତ୍ରିକ, ମାନବବାଦ ବିରୋଧି ମନୋଭାବ ପ୍ରଦର୍ଶନ କରିଛନ୍ତି ।

ବିଶ୍ୱ ଆତଙ୍କବାଦୀ ତାଲିକାରେ ଥିବା ଅନେକ ବ୍ୟକ୍ତିଙ୍କୁ ମନ୍ତ୍ରୀମଣ୍ଡଳର ଗୁରୁତ୍ୱପୂର୍ଣ୍ଣ ବିଭାଗର ଦାୟିତ୍ୱ ଦେଇଛନ୍ତି । କଠୋର ଇସଲାମିକ ସାରିଆତ ଆଇନ ବଳରେ ସେମାନେ ଶାସନ କରିବେ ବୋଲି ଘୋଷଣା କରିଛନ୍ତି । ଏହି ଆଇନକୁ କାର୍ଯ୍ୟକାରି କରିବା ପାଇଁ ସେମାନେ ପାପ-ପୂଣ୍ୟ ବିଭାଗ (Virtue and Vice Department) ନାମରେ ଏକ ନୂଆ ବିଭାଗ ସୃଷ୍ଟି କରିଛନ୍ତି । ଏହି ବିଭାଗର ମୁଖ୍ୟ ଜଣେ ବରିଷ୍ଠ ମୁଲ୍ଲା ଅଛନ୍ତି । ଅ-ଳର କମାଣ୍ଡର,ମସଜିଦର ଇମାମ ଲୋକଙ୍କ ଉପରେ ସତର୍କ ଦୃଷ୍ଟି ରଖିବାକୁ କୁହାଯାଇଛି । ତାଲିବାନର ସୈନ୍ୟ ମାନେ ବୁଲି ବୁଲି ଲୋକମାନେ ଆଇନ ପାଳୁଛନ୍ତି କି ନାହିଁ ତଦାରଖ କରୁଛନ୍ତି ।

ପ୍ରଥମ ଚଡକ ପଡିଛି ଶିକ୍ଷା ଉପରେ । ଇଂଲିଶ ମେଡିଅମ ସ୍କୁଲ କୁ ନିଷେଧ କରାଯାଇଛି । ନାରୀ ଶିକ୍ଷା ଉପରେ ରୋକ ଲଗା ଯାଇଛି । ଝିଅ ମାନେ ଚାକିରି କରି ପାରିବେନି,ତେଣୁ ଅଧିକ ହେଲେ ଛଅ ଷ୍ଟାଣ୍ଡାର୍ଡ ଯାକେ ପଢି ପାରିବେ । ସେମାନେ ଖେଳି ପାରିବେ ନାହିଁ, ସହ ଶିକ୍ଷା ଉପରେ ରୋକ ଲଗା ଯାଇଛି । ଝିଅ ମାନଙ୍କୁ ସ୍ତ୍ରୀ ଶିକ୍ଷକ ହିଁ ପଢାଇ ପାରିବେ । ଛାତ୍ରୀ ମାନେ ବୁର୍ଖା ପିନ୍ଧି ସ୍କୁଲକୁ ଆସିବେ । ଆଗ ଶାସନ କାଳରେ ନାରୀ ମାନଙ୍କୁ ଶିକ୍ଷା ଚାକିରି,ପୋଷାକ ପିନ୍ଧାରେ ସ୍ୱାଧିନତା ଦିଆ ଯାଇଥିଲା। ପ୍ରାୟ ୪୦ ଶତକଡା କାବୁଲର ସରକାରୀ କର୍ମଚାରୀ ନାରୀ ଥିଲେ । ପିଲା ମାନଙ୍କୁ ମାଦ୍ରାସାରେ ପଢିବାକୁ କୁହାଯାଉଛି ।

ତାଲିବାନଙ୍କ ନାରୀ ବିରୋଧି ମନୋଭାବ ବିରୁଦ୍ଧରେ କେତେକ ସ୍ଥାନରେ ପ୍ରତିବାଦ ହେଲେ ମଧ୍ୟ ତାହା ଦମନ କରାଯାଇଛି । ଅନେକ ଶିକ୍ଷିତ ଲୋକେ ଦେଶ ଛାଡି ପଳାଇ ଗଲେଣି । ପାଠ ପଢିବାରୁ କୁନି ଝିଅ ମାଲାଲା କିପରି ତାଲିବାନଙ୍କ ଆକ୍ରମଣର ଶୀକାର ହୋଇଥିଲା ତାହା ସମସ୍ତେ ଜାଣନ୍ତି । ବ୍ୟକ୍ତିଗତ ଚଳଣି ପାଇଁ ତାଲିବାନ ମାନେ କଠୋର ନିୟମ ମାନ ଜାରି କରିଛନ୍ତି । ସ୍ତ୍ରୀ ମାନେ ବାହାରକୁ ଗଲାବେଳେ ସଂପୂର୍ଣ୍ଣ ବୁର୍ଖା ଆବୃତ ରହିବେ । ସେମାନେ ସାଙ୍ଗରେ ନିଜ ଲୋକ ସହ ଯିବେ । ପର ପୁରୁଷ ସହ ବ୍ୟଭିଚାରରେ ଲିପ୍ତ ଯଦି ହୁଅନ୍ତି ଓ ତାହା ଚାରିଜଣ ସାକ୍ଷୀଙ୍କ ଦ୍ୱାରା ପ୍ରମାଣିତ ହୁଏ, ତାହାହେଲେ ତାକୁ ମୃତ୍ୟୁଦଣ୍ଡ ଦିଆଯିବ । ତାର ଶିର ଛେଦ ହେବ କିମ୍ବା ସର୍ବସାଧାରଣ ଜାଗାରେ ଟେକା ମାରି ହତ୍ୟା କରାଯିବ । ଫିଲିମ ଦେଖିବା, ଟିଭି ଦେଖିବା, ସ୍ମାର୍ଟ ଫୋନ ବ୍ୟବହାର କରିବା, ପାରା, କୁକୁଡା ଖେଳାଇବା ଦଣ୍ଡାବହ । ସିନେମା ହଲ,ପାର୍ଲର,ସ୍ପା,ଆଦି ନିଷେଧ ହୋଇଛି । ପାନ, ସିଗାରେଟ ଟଣା, ଗୁଟୁକା,ମଦ୍ୟ ପାନ ଉପରେ ରୋକ ଲଗାଯାଇଛି ।

ପୁରୁଷମାନେ ଦାଢୀ କାଟି ପାରିବେ ନାହିଁ । ମୁଣ୍ଡରେ ପଗଡି ପିନ୍ଧିବେ । ନିୟମିତ ମସଜିଦକୁ ଯିବେ । ପା-ଞ୍ଚ ଥର ନମାଜ ପଢିବେ । ଆଇନ ନମାନିଲେ ସତର୍କ କରାଯିବ । ଚାବୁକ ଓ ବନ୍ଧୁକ ବଟରେ ମାଡ ଦିଆ ଯିବ,ଜେଲ ପଠାଇ ଦିଆଯିବ । ପରିବାର ଲୋକଙ୍କୁ ମଧ୍ୟ ନିର୍ଯ୍ୟାତନା ଦିଆଯିବ । ଚୋରି, ଠକେଇ ପାଇଁ ହାତ କଟା ବ୍ୟବସ୍ଥା ରହିଛି । ଶତ୍ରୁଙ୍କୁ ସାହାଯ୍ୟ କଲେ ଗୁଳି କରାଯିବ ।

ଆଫଗାନିସ୍ତାନରେ ଅନେକ ବିଦେଶୀ



ସାହାଯ୍ୟକାରୀ ସଂସ୍ଥା ନିଜର ଶାଖା ମାନ ଖୋଲି କାର୍ଯ୍ୟ କରୁଛନ୍ତି । ତାଲିବାନ ଆସିଲା ପରେ ଅନେକଙ୍କୁ ଅଫିସ ବନ୍ଦ କରି ନିଜ ନିଜ ଦେଶକୁ ଫେରି ଯିବାକୁ ନିର୍ଦ୍ଦେଶ ଦିଆଗଲାଣି । ଅନେକ ସମ୍ବାଦ ସଂସ୍ଥା ମଧ୍ୟ ବନ୍ଦ ହୋଇଗଲାଣି । ବିଦେଶୀ ସାମ୍ବାଦିକମାନେ ଦୁର୍ବ୍ୟବହାରର ସମ୍ମୁଖୀନ ହେଲେଣି । ଅନେକ ଦେଶ ତାହା ସହ ସଂପର୍କ ଛିନ୍ନ କଲେଣି । ମାତ୍ର କୋରାନ ଓ ଆଲ୍ଲାଙ୍କ ଉପରେ ବିଶ୍ୱାସ ରଖିଥିବା ତାଲିବାନ ଙ୍କର ସେଥିପାଇଁ ଚିନ୍ତା ନାହିଁ । ତାଙ୍କ କାମରେ ପାକିସ୍ତାନ ଓ ସାଉଦୀ ଆରବ ପୂର୍ଣ୍ଣ ସମର୍ଥନ ଦେଇଛି । ତାଲିବାନମାନେ ଦାବି କରନ୍ତି ତାଙ୍କ ଶାସନ ଓ ନ୍ୟାୟ ବ୍ୟବସ୍ଥା ସଂପୂର୍ଣ୍ଣ ଦୁର୍ନୀତିମୁକ୍ତ ଓ କ୍ଷୀପ୍ର । ଗଣତାନ୍ତିକ ରାଷ୍ଟ୍ର ଭଳି ବିଳମ୍ବିତ ବା କଳୁଷିତ ନୁହଁ । ବ୍ୟକ୍ତିକୁ ସର୍ବସ୍ୱାନ୍ତ ହୋଇ ବର୍ଷ ବର୍ଷ ଧରି ନ୍ୟାୟ ପାଇଁ ଅପେକ୍ଷା କରିବାକୁ ପଡିବ ନାହିଁ । ଦଣ୍ଡ କଠୋର ହୋଇପାରେ, ମାତ୍ର ତାହାଫଳରେ ସମାଜରେ ଅପରାଧ କରିବାକୁ ଭୟ ସୃଷ୍ଟି ହେବ, ଆଇନକୁ ଫାଙ୍କି ଶାସନ ସହ ଲୁଚିକାଳି ଖେଳ ଖେଳିବାକୁ ସୁଯୋଗ ଦିଆଯିବ ନାହିଁ । ବିଶ୍ୱର ଗଣମାଧ୍ୟମମାନଙ୍କର ନକାରାତ୍ମକ ପ୍ରଚାର ସତ୍ତ୍ୱେ ସେମାନଙ୍କ କଥାର କିଛିଟା ସତ୍ୟତା ଅଛି । ଆମେରିକାର ବୋମାମାଡକୁ ୨୦ ବର୍ଷ ଧରି ପ୍ରତିରୋଧ କରି ସେମାନେ ଯେପରି ତା' ନାକ ଆଗରେ ଦେଶକୁ ଅଧିକାର କରିଗଲେ, ତାହା ଜନସମର୍ଥନ ବିନା ସମ୍ଭବ ନୁହେଁ । ସାଉଦୀ ଆରବ ଭଳି ଦେଶରେ ମଧ୍ୟ ଅଙ୍ଗ ଛେଦ ଭଳି ଦଣ୍ଡ ଦିଆଯାଉଛି । ସିଙ୍ଗାପୁର ଭଳି ଉନ୍ନତ ଦେଶରେ ମଧ୍ୟ ଚାବୁକ ମାଡ ଅଛି । ଆମ ଦେଶରେ ପୋଲିସମାନେ ଅପରାଧୀଙ୍କୁ କିପରି ଶାରିରିଜ ନିର୍ଯ୍ୟାତନା ଦିଅନ୍ତି, ଫଲସ ଏନକାଉଣ୍ଟର କରନ୍ତି ତାହା ଜଣା । ଆଇନକୁ ଫାଙ୍କି ଅପରାଧୀମାନେ କିପରି ଲୁଚକାଳି ଖେଳି ନିଶ ମୋଡି ବୁଲନ୍ତି । ନ୍ୟାୟ ବ୍ୟବସ୍ଥା କିପରି ପ୍ରହସନରେ ପରିଣତ ହେଲାଣି, ଆଇନର ପ୍ରବକ୍ତାମାନେ କିପରି ବର୍ଷ ବର୍ଷ ଧରି କୋର୍ଟ ବନ୍ଦ କରୁଛନ୍ତି, ବିଚାରପତିମାନେ ଅସହାୟ ହୋଇ ନିରବ ଦର୍ଶକ ସାଜୁଛନ୍ତି, ସେସବୁ ଦେଖିଲେ ତାଲିବାନଙ୍କ କଥାରେ କିଛିଟା ସତ୍ୟତା ଅଛି ବୋଲି ମନେହୁଏ । ଆତଙ୍କବାଦକୁ ସୃଷ୍ଟି କରି ଓ ତାକୁ ପୋଷଣ କରୁଥିବା ପାକିସ୍ତାନକୁ ବିଭିନ୍ନ ଆଳରେ କୋଟି କୋଟି ଟଙ୍କା ସାହାଯ୍ୟ ଦେଇ, ଆମେରିକାର ମାନବବାଦର ପ୍ରଚାର ଓ ୱାର ଅନ ଟେରର ଘୋଷଣା ଏକ ପ୍ରହସନ ଓ ସଇତାନର ବେଦ ପାଠ ଛଡା କିଛି ନୁହେଁ ।

# ମୋ ଓଡ଼ିଶା

## ସନ୍ଥକବି ଭୀମଭୋଇ



ଏକ ସମୟରେ ମହିମା ବା ଅଲେଖ ଧର୍ମ ଓଡ଼ିଆ ସାହିତ୍ୟ ଓ ଧାର୍ମିକ ସାମାଜିକ ଜୀବନକୁ ଗଭୀର ଭାବେ ପ୍ରଭାବିତ କରିଥିଲା । ସମାଜରେ ପ୍ରଚଳିତ ଜାତିଭେଦ, ପ୍ରତିମା ପୂଜା, ତେତିଶ କୋଟି ଦେବାଦେବୀଙ୍କ କଳ୍ପନା ଆରାଧନା ଓ ବାହ୍ୟ ଆଡ଼ମ୍ବରକୁ ଏହା ପ୍ରତ୍ୟାଖ୍ୟାନ କରିଥିଲା । ଏହି ଧର୍ମର ଅନ୍ୟତମ ମୁଖ୍ୟ ପୁରୋଧା ଥିଲେ ଗୃହୀ ଶିଷ୍ୟ ଭୀମ ଭୋଇ । ତାଙ୍କ ଅନୁଗାମୀମାନେ, ତାଙ୍କୁ ଅଯୋନିସଂଭୂତ ଭାବେ ଗ୍ରହଣ କରିଛନ୍ତି । ସେମାନଙ୍କ ଦୃଷ୍ଟିରେ ସେ ଭଗବାନଙ୍କ ଅବତାର ଏବଂ ଅଲେଖ ପୁତ୍ର । ସ୍ୱରଚିତ ସ୍ତୁତି ଚିନ୍ତାମଣିରେ ମଧ୍ୟ ସେ ଏହାର ସୂଚନା ଦେଇଛନ୍ତି ପିତା ଅଟନ୍ତି ମୋ ଅନାଦି ଠାକୁର, ମାତା ଆଦିଶକ୍ତି ନାରୀ, ଦୂତୀ ଯୁଗଳରୁ ଜନମ ଲଭିଛି, କବିକୃତ କଳା ଧରି । ପଞ୍ଚସଖା ଯୁଗର ପରମ ସାଧକ ଅଚ୍ୟୁତାନନ୍ଦ ଦାସ, ତାଙ୍କର ସଂହିତାମାନଙ୍କରେ ଲେଖିଛନ୍ତି, ରାଧା ମାନବ ରୂପ ଧାରଣ କରି କନ୍ଧ ଗୃହରେ ଜନ୍ମ ହେବେ । ଭୀମ ଭୋଇ ନିଜ ଇଚ୍ଛା ଅନୁସାରେ ନାରୀ ରୂପ ଧାରଣ କରିପାରୁଥିଲେ । ଏହା ଅଧ୍ୟାପକ ଶତ୍ରୁଘ୍ନ ନାଥଙ୍କ ସନ୍ଥକବି ଭୀମ ଭୋଇ ପୁସ୍ତକରେ ଉଲ୍ଲେଖିତ । ଥରେ ବାବା ଗଙ୍ଗାଧର ଦାସଙ୍କୁ ଜଙ୍ଗଲରେ ସେ ନାରୀ ରୂପ ଦେଖାଇଥିଲେ । ଅନାଦି ସଂହିତାରେ ଅଚ୍ୟୁତାନନ୍ଦ ଲେଖିଛନ୍ତି 'ଶୁଣଗୋ ସିଦ୍ଧଙ୍କ ବନିତା, ସେ ଭୀମସେନର କଥା । ପୂର୍ବେ ସେ ମହାଶୂନ୍ୟବାସୀ, ରାଧାଙ୍କ ଯେ ଅରୂପ ଅଂଶୀ' । ତାଙ୍କୁ ଏଭଳି ଚିତ୍ରଣ କରାଯାଇଥିବା ବେଳେ ସେ ଥିଲେ ଶ୍ରୀଜଗନ୍ନାଥ ଆରାଧନାର ତୀବ୍ର ବିରୋଧୀ । ପୁରୀରେ ଶ୍ରୀଜଗନ୍ନାଥ ପୂଜା ବନ୍ଦ କରିବା ପାଇଁ ଉଦ୍ୟମ କରିଥିଲେ । ମହିମା ଧର୍ମର ପ୍ରଚାର ପ୍ରସାରରେ ତାଙ୍କର ଭୂମିକା ଉଲ୍ଲେଖନୀୟ ଓ ପ୍ରାତଃ ସ୍ମରଣୀୟ । ତାଙ୍କ ଲେଖନୀ ମୁନରେ ସେ ଏହି ଧର୍ମ ବିଷୟରେ ଅନେକ କାଳଜୟୀ ରଚନା ସୃଷ୍ଟି କରିଛନ୍ତି । ଜୀବନର ଶେଷ ନିଃଶ୍ୱାସ ପର୍ଯ୍ୟନ୍ତ ସେ କାହା ଠାରୁ ବିନ୍ଦୁର ସାହାଯ୍ୟ ବି ଚାହିଁ ନାହାଁନ୍ତି । ସରଳ, ନିଃସ୍ୱାର୍ଥପର ଓ ସମାଜ ସେବା ପାଇଁ ତାଙ୍କ ତମାମ ଜୀବନ ସମର୍ପିତ ଥିଲା । ଆଜିର ସମୟରେ ଭୀମଭୋଇଙ୍କ ପରି ସ୍ରଷ୍ଟା ଓ ଆଧ୍ୟାତ୍ମିକ ସାଧକ ଅତ୍ୟନ୍ତ ବିରଳ । ପ୍ରତିଟି ଶ୍ୱାସପ୍ରଶ୍ୱାସରେ ହିଁ ତାଙ୍କର ମହିମା ଚେତନାର ବାର୍ତ୍ତା ଓ ଭାବନା ରହିଥିଲା । ସେ ସମୟରେ ସେ ନିଜେ ଜଣେ ଗରିବ ହୋଇ ମଧ୍ୟ ଅନେକ ଅସହାୟ ଗରିବ ପରିବାର ପାଇଁ ସାହାଯ୍ୟର ହାତ ବଢ଼ାଇଥିଲେ । ତିଥି ଅନୁସାରେ ଭୀମ ଭୋଇ ବୈଶାଖ ପୂର୍ଣ୍ଣମୀରେ ତାରିଖ ଅନୁସାରେ (ମଇ ୧୦) ରେଢ଼ାଖୋଲର କଟାସିଙ୍ଗାରେ ଜନ୍ମ ହୋଇଥିବା ବିଶ୍ୱାସ କରାଯାଏ ।

## ଆହ୍ୱାନ ପକ୍ଷରୁ ବିଶ୍ୱ ମାତୃଦିବସ ପାଳନ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ଆହ୍ୱାନ' ପକ୍ଷରୁ ଉପ-ସଭାପତି ପାଣ୍ଡବ ଚରଣ ସାହୁଙ୍କ ଅଧ୍ୟକ୍ଷତାରେ ସନ୍ଧ୍ୟା ୬ ଘଟିକା ସମୟରେ ବିଶ୍ୱା ମାତୃଦିବସ ପାଳନ କରାଯାଇଥିଲା । ମା' ବିରଜା ଓ ଶ୍ରୀଜଗନ୍ନାଥଙ୍କ ଫଟୋ ଚିତ୍ରରେ ମୁଖ୍ୟ ଅତିଥି ପଣ୍ଡିତ ଭୂପତିଭୂଷଣ ମିଶ୍ର ମାଲ୍ୟାର୍ପଣ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରିଥିଲେ । ମାତୃ ଜାତି ଚିର ବନ୍ଦନୀୟା ଓ ମା' ମାନଙ୍କର ଋଣ କେହି କେବେ ସୁଝି ପାରିବେ ନାହିଁ ବୋଲି ଦୃଢ଼ତାର ସହ ପଣ୍ଡିତ ଶ୍ରୀ ମିଶ୍ର ମତବ୍ୟକ୍ତ କରିଥିଲେ । ମୁଖ୍ୟବକ୍ତାଭାବେ ଅଧିକାରୀ ନବକିଶୋର ଦାସ ଯୋଗାଦେଇ ସତ୍ୟ, ଦ୍ୱାପର, ତ୍ରେତୟା ଏବଂ କଳିଯୁଗରେ ବିଶ୍ୱବିଦିତ ମହିୟସୀ ନାରୀ ମାନଙ୍କର ଉପାଖ୍ୟାନ ବର୍ଣ୍ଣନା କରିଥିଲେ । ମୁଖ୍ୟ ଉପଦେଷ୍ଟା ହୃଷୀକେଶ ପତି ଏବଂ ଉପଦେଷ୍ଟା ତପନ କୁମାର ମହାରଣ୍ୟ ଶର୍ମା ଓ ମନୋଜା ରାୟ, ସମ୍ମାନିତ ଅତିଥି ଭାବେ ଯୋଗଦେଇ ମାତୃଦିବସ ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ । ଏହି ଅବସରରେ ଦମୟନ୍ତୀ ସାହୁ, ସରସ୍ୱତୀ ପୃଷ୍ଟି ଏବଂ ଶାନ୍ତିଲତା ସାହୁ ପ୍ରମୁଖ ପୂଜା କରାଯିବା ସହ ସେମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରାଯାଇ ସଂବର୍ଦ୍ଧିତ କରାଯାଇଥିଲା । ସଂପାଦକ ବିଶ୍ୱଜିତ ସାହୁ ସଂପାଦକୀୟ ବିବରଣୀ ଅତିଥି ପରିଚୟ ଏବଂ ସଂଗୀତ ଗାନ କରିଥିଲେ । ଏହି ଉତ୍ସବରେ ରଶ୍ମିକାନ୍ତ ପରିଡ଼ା ଓ ରଂଜିତା ପରିଡ଼ା ନୂତନ ଭାବେ ଆହ୍ୱାନରେ ଯୋଗଦେଇ ଶୁଭକାମନା କରିଥିଲେ । ଏହି କାର୍ଯ୍ୟକ୍ରମରେ ରଞ୍ଜୁଶହା, ସୌମ୍ୟଜିତ ସାହୁ, ଜୟଦେବ ରାଉତ, ବୈଜୟନ୍ତୀ ବେହେର, ମହେଶ ମହାନ୍ତି, ସସ୍ମିତା ସାହୁ, ଶୁଭ୍ରଜିତ ସାହୁ, ରାଜେନ୍ଦ୍ର ସାହୁ ଓ ସାଇ ଓମ୍ ପ୍ରକାଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ । ଶେଷରେ ସହ ସଂପାଦକ ଅକ୍ଷୟ ପୃଷ୍ଟି ଧନ୍ୟବାଦ ଦେଇଥିଲେ ।

## ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ

ଖୋର୍ଦ୍ଧା (ପିଏନ୍)-ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ ହୋଇଯାଇଛି । ଫିଲିମରେ ତିନୋଟି ଗୀତ ରହିଥିବା ବେଳେ ଏଥିରେ ଡ଼କ୍ଟର ନିର୍ମଳ ନାୟକ ଓ ଅଭିଜିତ୍ ମଜୁମଦାରଙ୍କ ଜୋଡ଼ି ପୁଣି ଥରେ ଦେଖିବାକୁ ମିଳିବ । ଯେଉଁଥିରେ ଭାଉଜ ଓ ଭାଉଜ ଗୀତଟି ମାର୍କେଟରେ ଚହଲ ସୃଷ୍ଟି କରିବ ବୋଲି ଜୀ ସାର୍ଥକ ଆଶା ପ୍ରକଟ କରିଛି । ଏହି ଗୀତକୁ ନିଜେ ପପୁ ପମ୍‌ପମ୍ ଗାଇଥିବା ବେଳେ ତାଙ୍କ ସହ ଗାଇଛନ୍ତି ସ୍ମୃତି ସେହିପରି ଏକ ଦୋ ତିନି ଚାର, ଚାରିଆଡ଼େ ଦିଶୁଛି ମୋ ପ୍ୟାର । ଗୀତକୁ ଗାଇଛନ୍ତି ଅଭିଜିଦ ମଜୁମଦାର ଓ ସଂଜୁ । ଛାଡ଼ରେ ସାଙ୍ଗ ଗନ୍ଧିଆ କଥା ଗୀତକୁ ଈଶ୍ୱରୀ ଗାଇଛନ୍ତି । ସମସ୍ତ ଗୀତକୁ ଡ଼କ୍ଟର ନିର୍ମଳ ନାୟକ ଲେଖିଥିବା ବେଳେ ସଂଗୀତରେ ସଜାଇଛନ୍ତି ଅଭିଜିତ୍ ମଜୁମଦାର ସବୁତକ ଗୀତ ଦର୍ଶକଙ୍କ ମନକୁ ଛୁଇଁବ ବୋଲି ପୁରାଟିମ୍ ଆଶାବାଦୀ । ଆସନ୍ତା ୧୫ ତାରିଖ ସନ୍ଧ୍ୟା ୬ଟା ୩୦ମି.ରେ ଏହି ମୁଭିଟି ଜୀସାର୍ଥକରେ ରିଲିଜ ହେବ । କିନ୍ତୁ ତା ପୂର୍ବରୁ ଅଡ଼ିଓ ରିଲିଜ୍ କରିବାର ପରମ୍ପରା ଆରମ୍ଭ କରିଛି ଜୀ ସାର୍ଥକ । ଓଲିଉଡ଼ରେ ନୂଆ ମାଇଲ ଷ୍ଟୋନ ତିଆରି କରିପାରିଛି । ଜୀ ସାର୍ଥକ ଫିଲିମ୍ ଓ ଲିପ୍ସା ପ୍ରଡ଼କ୍ସନ ବ୍ୟାନରରେ ନିର୍ମାଣ ହେଉଛି ନୂଆ ସିନେମା ଡ଼ିଟେକ୍ଟିଭ୍ କରନ ଅର୍ଜୁନ ଏହି ଚଳଚିତ୍ରରେ ନୂଆ ଅବତାରରେ କମେଡ଼ି କିଂ ପପୁ ପମ୍‌ପମ୍‌କୁ ଦେଖିବାକୁ ମିଳିବ । ତାଙ୍କ ସହ ପ୍ରଜ୍ଞା ଖଟୁଆଙ୍କ ଦମ୍‌ଦାର ଅଭିନୟର ମଜା ପାଇବେ ଦର୍ଶକ । ଉଭୟ ପପୁ ଓ ପ୍ରଜ୍ଞା କରନ ଅର୍ଜୁନ ଭୂମିକାରେ ଅଭିନୟ କରୁଛନ୍ତି । ସେହିପରି ନାୟିକା ସାଜିଛନ୍ତି ଅଭିନେତ୍ରୀ ପ୍ରୀୟଙ୍କା ମହାନ୍ତି, ପ୍ରିୟଙ୍କା ମହାପାତ୍ର ଓ ଲିପସା ମିଶ୍ର ଅନ୍ୟମାନଙ୍କ ମଧ୍ୟରେ ଟୁକୁନା, ପ୍ରଜ୍ଞା ମହାନ୍ତି, ଜୀବନ ପଣ୍ଡା, କୁନା ତ୍ରୀପାଠୀ, ହାଡ୍ଡୁ, ଅରବିନ୍ଦ ଷଢଙ୍ଗୀ, ରାଜିବ, କାଳୀ, ମନୋଜ, ସୁଶା, ଦିଗ୍‌ବିଜୟ, ସୁମିତ ଓ ସଂଗ୍ରାମ ପ୍ରମୁଖ ଅଭିନୟ କରିଛନ୍ତି । ପପୁ ପମ୍‌ପମ୍ ନିଜେ ସିନେମାର କାହାଣୀ ଲେଖିଥିବା ବେଳେ ଅଶ୍ୱିନି ଗଡ଼ନାୟକ ନିର୍ଦ୍ଦେଶନା ଦେଇଛନ୍ତି । ଏହାର ସଂଳାପ ଲେଖିଛନ୍ତି ଟୁକୁନା । ଚଳଚିତ୍ରର କାହାଣୀ ସହ ସଂଗୀତ ମଧ୍ୟ ଲୋକାଦୃତ ହୋଇପାରିବ ବୋଲି ଜୀ ସାର୍ଥକ ପକ୍ଷରୁ ଆଶା ପ୍ରକଟ କରାଯାଇଛି ।

## ମା' ରାମଚଣ୍ଡୀଙ୍କ ପୀଠରେ ହାଣ୍ଡିଭଙ୍ଗା ଯାତ



ପ୍ରାଚୀନ ଅର୍କକ୍ଷେତ୍ରର ରକ୍ଷାକର୍ତ୍ତ୍ରୀ ଅଷ୍ଟଚଣ୍ଡୀଙ୍କ ମଧ୍ୟରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ । ମା' ରାମଚଣ୍ଡୀଙ୍କ ଅବସ୍ଥିତି ଓ ମାହାତ୍ମ୍ୟ ସଂପର୍କରେ ମାଦଳା ପାଞ୍ଜି, ସାରଳା ମହାଭାରତ, ପ୍ରାଚୀ ମାହାତ୍ମ୍ୟ, ପୁରୁଷୋତ୍ତମ ମାହାତ୍ମ୍ୟ, ତଥା ବିଭିନ୍ନ ଐତିହାସିକ ବିବରଣୀରୁ ସୂଚନା ମିଳେ । ଏତଦ୍‌ବ୍ୟତିତ ଲୋକମୁଖରେ ମା'ଙ୍କ ସଂପର୍କରେ ଅନେକ କିମ୍ବଦନ୍ତୀ ମଧ୍ୟ ଶୁଣିବାକୁ ମିଳେ । ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧ୍ୟରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ । ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ଏହି ପର୍ବ ପାଳନ କରାଯାଇଥାଏ । ଏହା ଓଡ଼ିଆଣୀ କୁଳବଧୂମାନଙ୍କର ଏକ ନିଆରା ପର୍ବ । କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବରରେ ପାଳନ କରିଥାନ୍ତି । ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୂଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ



ହାଣ୍ଡିଭଙ୍ଗାଯାତକୁ ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି ।

ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ଏହି ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଥାଏ । ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ ପାଳନ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରିଥାନ୍ତି । ମା' ରାମଚଣ୍ଡୀଙ୍କ ନିମନ୍ତେ କୁଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା



ପରେ ମା'ଙ୍କ ପୂଜକ ଗାଧୁଆ ନୀତି ସମ୍ପନ୍ନ କରିଥାନ୍ତି । ପ୍ରତ୍ୟେକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥାନ୍ତି ହାଣ୍ଡିରନ୍ଧା ସାମଗ୍ରୀ । ମା'ଙ୍କ ମନ୍ଦିର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୂହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥାଏ । ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷଘର ଚୁଲାରୁ ଅଗ୍ନୀ ଆଣି ପ୍ରତ୍ୟେକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବା ସହିତ ଖୀରିକୋଳି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥାନ୍ତି । ମହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବାକୁ ମିଶାଇ ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥାନ୍ତି । ଏହି ସମୟରେ ମା'ଙ୍କ ରୋଷେଇଘରେ ପୂଜକ ମଧ୍ୟ ନୂଆ ମାଟିହାଣ୍ଡିରେ ଅନୁରୂପଭାବେ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗ ଲଗାଇଥାନ୍ତି । ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥାନ୍ତି । ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣୀଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରି ବଳକା ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୁଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରି ନୀରବତା



ଅବଲମ୍ବନ କରି ତାଙ୍କୁ ଅନୁସରଣ କରିଥାନ୍ତି । ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି ଏହି ବନ୍ତକୁ ସାତଥର ପ୍ରଦକ୍ଷିଣ କରିବା ପରେ ବନ୍ତ ଚୂଡ଼ାରେ



ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥାନ୍ତି । ଏହାପରେ ମହିଳାମାନେ ଏକମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥାନ୍ତି । ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥାଏ ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଷରେ ମା'ଙ୍କ ପାଖରେ ଗୁହାରିଆ ପଡ଼ିବାର ବିଧି ରହିଛି ।

ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତର ଦୁଇଦିନ ପୂର୍ବରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥାଏ । ହାଣ୍ଡିଭଙ୍ଗା ଯାତ ଦିନ ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥାଏ । ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥାଏ । ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥାଏ । ଏହି ଅବସରରେ ଆୟୋଜକଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସଭା ଅନୁଷ୍ଠିତ ହୋଇଥାଏ । ଏହି ସାଂସ୍କୃତିକ କାର୍ଯ୍ୟକ୍ରମକୁ ପର୍ଯ୍ୟଟନ ବିଭାଗ ସହାୟତାରେ ମା' ରାମଚଣ୍ଡୀ ଉନ୍ନୟନ କମିଟି, ମା' ରାମଚଣ୍ଡୀ ବଜାର କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥାନ୍ତି ।

ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା



ହଣ୍ଡିଭଙ୍ଗା ଯାତ । କେବଳ ପରମ୍ପରା ରକ୍ଷା କରାଯାଇଥିଲା । ଚଳିତ ବର୍ଷ ୧୦ତାରିଖରୁ ଆରମ୍ଭ ହୋଇଥିବା ତ୍ରିଦିବସୀୟ ବିଶ୍ୱ ଶାନ୍ତି ମହାଯଜ୍ଞ ବୈଶାଖ ମାସ ଶେଷ ଗୁରୁବାର ୧୨ତାରିଖରେ ଉଦଯାପିତ ହେବ । ଏହି ଅବସରରେ ୧୦ତାରିଖରୁ ୧୨ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେହ ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ । ୧୦ ତାରିଖ ଚଣ୍ଡୀ ମହାଯଜ୍ଞ ଓ ସନ୍ଧ୍ୟା ୬ଟାରେ ଖାଲକଟାପାଟଣା ଗ୍ରାମର ମା' ଜାଗେଶ୍ୱରୀ ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ କରାଯିବ ।



୧୧ ତାରିଖ ସନ୍ଧ୍ୟା ୬ଟାରେ କଟକ ବାଦାମବାଡିର ମା' ସାରଳା ଭଜନ ସନ୍ଧ୍ୟା ପକ୍ଷରୁ ଭଜନ ପରିବେଷଣ ଏବଂ ରାତ୍ର ୧୦ଟାରେ ନୟାଗଡ ବୁଢିଆଳିର ରଘୁନାଥ ଜିୟୁ ରାମନାଚ ସଂସଦ ପକ୍ଷରୁ ଲବକୁଶ ଜନ୍ମ ପରିବେଷଣ କରାଯିବ । ୧୨ ତାରିଖ ଗୁରୁବାର ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ, ଚଣ୍ଡୀ ମହାଯଜ୍ଞର ପୂର୍ଣ୍ଣାହୁତି, ସନ୍ଧ୍ୟା ୬ଘଟିକା ମା' ଖଣ୍ଡୁଆଳି ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ, ସନ୍ଧ୍ୟା ୭ଟାରେ ଓଡିଶୀ ସଂକୀର୍ତ୍ତନ ପରିବେଷଣ, ରାତ୍ର ୮ଟାରେ ସାଧାରଣ



ସଭା ଓ ରାତ୍ର ୯ଟାରେ ନୟାଗଡ ପୁଆଣିଆର ମା' ବ୍ରହ୍ମଣ ଦେବୀ ରାମନାଚ ସଂସଦ ପକ୍ଷରୁ ଲକ୍ଷ୍ମଣ ଶକ୍ତି ଭେଦ ପରିବେଷଣ କରାଯିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି । ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦ୍ରନ ବେହେରା, ଅନିଲ



ନାୟକ, ସଦାଶିବ ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ତ୍ରି-ଦିବସୀୟ ଜିଲ୍ଲା ସ୍ତରୀୟ ଯୁବ ରେଡକ୍ରସ୍ ଶିବିର ଉଦଯାପିତ

ଧର୍ମଗଡ,(ପି.ଏନ):ସ୍ଥାନୀୟ ସର୍ବ ମଙ୍ଗଳା ଡିଗ୍ରୀ ମହାବିଦ୍ୟାଳୟରେ ଅନୁଷ୍ଠିତ ହୋଇଥିବା ତ୍ରି-ଦିବସୀୟ ଜିଲ୍ଲା ସ୍ତରୀୟ ଯୁବ ରେଡକ୍ରସ୍ ଶିବିର ଉଦଯାପିତ ହୋଇଯାଇଛି। ମହାବିଦ୍ୟାଳୟର ଅଧ୍ୟକ୍ଷ ଶରତ କୁମାର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉଦଯାପନୀ ସଂଧ୍ୟାରେ ମୁଖ୍ୟ ଅତିଥି ଭାବେ ମା ମାଣିକେଶ୍ୱରୀ ବିଶ୍ୱ ବିଦ୍ୟାଳୟର ଭାରପ୍ରାପ୍ତ କୁଳପତି ପ୍ରଫେସର ନିବେଦିତା ନାଥ, ବିଶିଷ୍ଟ ଅତିଥି ଭାବେ ଜିଲ୍ଲା ମଙ୍ଗଳ ଅଧିକାରୀ ଅରବିନ୍ଦ ରାୟ ଓ ମୁଖ୍ୟ ବକ୍ତା ଭାବେ ଭାବେ ମା ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର ଉପ କୁଳସଚିବ ମେଜର ଡ ଜୟଦେବ ସାହୁ ଯୋଗଦେଇ ଯୁବ ରେଡକ୍ରସର ମହନୀୟ ନୀତି ଓ ଆଦର୍ଶ ମାନବ




ଜୀବନର ବ୍ରତ ହେବା ଉଚିତ୍ ବୋଲି ମତବ୍ୟକ୍ତ କରିଥିଲେ। ଜିଲ୍ଲା ଆବାହକ ସଂପାଦକ ସଞ୍ଜିବ କୁମାର ସାହୁ ଓ ଜିଲ୍ଲା ସଂଯୋଜକ ଶାନ୍ତନୁ କୁମାର ପରିଡ଼ା ଶିବିରର ସଫଳତାର ବିଭିନ୍ନ ଦିଗ ବିଷୟରେ ଆଲୋକପାତ କରିଥିଲେ। ଅଧ୍ୟାପକ ବିକାଶ ରଞ୍ଜନ ନାୟକ ମଞ୍ଚ ପରିଚାଳନା କରିଥିଲାବେଳେ ଶିବିର ନିର୍ଦ୍ଦେଶକ ଗୋବିନ୍ଦ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ଶିବିରର ଆୟୋଜନରେ ଉଲ୍ଲେଖନୀୟ ଅବଦାନ ପାଇଁ ଯୁବ ରେଡକ୍ରସ୍ ପରାମର୍ଶଦାତା ସୁଧୀର କୁମାର ପଣ୍ଡା ଓ ସରୋଜ କୁମାର ପାଟଯୋଷିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ଶିବିରର ଶ୍ରେଷ୍ଠ ସ୍ବେଚ୍ଛାସେବୀ ଭାବେ ଶରତ କୁମାର ତାଣ୍ଡି ଓ ରୋଷନୀ ପ୍ରଧାନି ଙ୍କୁ ପୁରସ୍କୃତ କରାଯାଇଥିଲା ଓ ଶିବିରରେ ପ୍ରଶଂସନୀୟ ସହାୟତା ପାଇଁ ଆୟୋଜକ ମହାବିଦ୍ୟାଳୟର କର୍ମଚାରୀ ଓ ସ୍ୱେଚ୍ଛାସେବୀ ଛାତ୍ର ଛାତ୍ରୀମାନଙ୍କୁ ସମ୍ମାନିତ କରାଯାଇଥିଲା। ମୋହନ ଚରଣ ବିଶି ପୁରସ୍କାର ବିତରଣ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସ୍ବେଛାସେବୀ ଛାତ୍ର ଛାତ୍ରୀମାନଙ୍କ ମଧ୍ୟରେ ତର୍କ, ପ୍ରବନ୍ଧ, ଚିତ୍ରାଙ୍କନ,କଣ୍ଠ ସଂଗୀତ,ନୃତ୍ୟ ଓ ସାଧାରଣ ଜ୍ଞାନ ପ୍ରତିଯୋଗିତା ଅନୁଷ୍ଠିତ ହୋଇ କୃତି ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଏହି ତ୍ରି-ଦିବସୀୟ ଶିବିରରେ ରେଡକ୍ରସ୍ ର ଇତିହାସ, ବିକାଶ ଓ ମୌଳିକ ନୀତି ବିଷୟରେ ଅଧ୍ୟାପକ ମାନସ ରଞ୍ଜନ ପଣ୍ଡା, ପ୍ରାଥମିକ ଚିକିତ୍ସା ବିଷୟରେ ଶାନ୍ତନୁ କୁମାର ପରିଡ଼ା ଓ ମୋହନ ଚରଣ ବିଶି , ବିପର୍ଯ୍ୟୟ ପରିଚାଳନା ଓ ଅଗ୍ନି ନିରାପତ୍ତା ବିଷୟରେ ସଞ୍ଜୟ କୁମାର ପୁରୋହିତ, ସାଇବର ନିରାପତ୍ତା ବିଷୟରେ ବୈଦ୍ୟନାଥ ନାୟକ, ସଡ଼କ ସୁରକ୍ଷା ସଚେତନତା ବିଷୟରେ ଆଞ୍ଚଳିକ ପରିବହନ ଅଧିକାରୀ ଗତିକୃଷ୍ଣ ସାମନ୍ତରାୟ , ମହିଳା ସଶକ୍ତିକରଣ ବିଷୟରେ ପୋଲିସ ଅଧିକାରୀ ଶ୍ୱେତପଦ୍ମା ସେଠ୍, ସମାଜର ପରିବର୍ତ୍ତନରେ ସ୍ବେଛାସେବୀମାନଙ୍କ ଭୂମିକା ବିଷୟରେ ଗୋବିନ୍ଦ ସାହୁ, ଜଳବାୟୁ ପରିବର୍ତ୍ତନ ବିଷୟରେ ସରୋଜ କୁମାର ପଣ୍ଡା, ରକ୍ତଦାନର ଆବଶ୍ୟକତା ଓ ମହତ୍ତ୍ୱ ବିଷୟରେ ସଂଜୀବ କୁମାର ସାହୁ, ଯୋଗ ଓ ପ୍ରାଣାୟାମ ବିଷୟରେ ନବୀନ ଚନ୍ଦ୍ର ମେହେର ଓ ତ୍ରିନାଥ ମେହେର ଶିକ୍ଷା ତଥା ତାଲିମ ପ୍ରଦାନ କରିଥିଲେ। ଶିବିରର ଦ୍ୱିତୀୟ ଦିବସରେ ଆୟୋଜିତ ସ୍ବେଚ୍ଛାକୃତ ରକ୍ତଦାନ ଶିବିରରେ ମୋଟ ୫୧ ୟୁନିଟ ରକ୍ତ ସଂଗୃହିତ ହୋଇଥିଲା। ଏହି ଶିବିରରେ ବିଭିନ୍ନ ମହାବିଦ୍ୟାଳୟରୁ ୧୨୦ଜଣ ସ୍ବେଚ୍ଛାସେବୀ ଓ ପରାମର୍ଶଦାତା ଅଂଶ ଗ୍ରହଣ କରିଥିଲେ। ଶିବିର ଆୟୋଜନରେ ବିଭିନ୍ନ ମହାବିଦ୍ୟାଳୟରୁ ଆସିଥିବା ଯୁବ ରେଡକ୍ରସ୍ ପରାମର୍ଶଦାତା ଡ ନୃସିଂହାନନ୍ଦ ସାସମଲ, ଭବାନୀ ଶଙ୍କର ପଣ୍ଡା, ସଞ୍ଜୀବ କୁମାର ମୁଣ୍ଡ, ଏବଂ ମହାବିଦ୍ୟାଳୟର ଅଧ୍ୟାପକ ସଞ୍ଜୟ କୁମାର ପାଇଟାଲ, ନବକୃଷ୍ଣ ସାହୁ, ହରେକୃଷ୍ଣ ମେହେର, ଉଦ୍ଧବ ନାଏକ, ଶଙ୍କର ମେହେର, ମୁକେଶ ସାହୁ, ଭେଙ୍କଟ ରମଣ ସାହୁ, ଅଧ୍ୟାପିକା ସମା ପରବିନ୍, ଝରଣା ମେହେର, ସୁଶୀଳା ରାଉତ ତଥା ଅଣ ଶିକ୍ଷକ କର୍ମଚାରୀ ଲକ୍ଷ୍ମଣ କୁମାର ସାହୁ, କେଶରୀ ସାହୁ, ଲସବ ସେଠୀଆ, ଫିରୋଜ କୁମାର ରାଉତ, ମୁରଲୀ ସାହୁ, ଘେନୁରାମ ମାଝୀ, ଦକ୍ଷାଦେବୀ ସାହୁ, ଗଣପତି ଚଲାନ, ପ୍ରେମଲାଲ ନାଏକ, ବସବ ସେଠିଆ, କ୍ଷେତ୍ର ସିପକା, କଳ୍ପ ମାଝୀ, ଜିତେନ୍ ମହାନନ୍ଦ ପ୍ରମୁଖ ସହଯୋଗ କରିଥଲେ।

## ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି। ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା। ତାଲିମର ଉଦ୍ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ। ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ। ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ। ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ।

## ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଳା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରାଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

## ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ। ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି। ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ। ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି। ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ। ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ। ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ। ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜ ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ। ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ। କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି। ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି। ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ। ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ। ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ।

2024-2025



ADMISSION OPEN
Maharishi Public School, Baripada

STD-NURSERY TO VIII
ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservation as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
ପର୍ଯ୍ୟବେକ୍ଷକ
Bhubaneswar Thursday November 28 ଭୁବନେଶ୍ୱର ଗୁରୁବାର, ନଭେମ୍ବର ୨୮,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


# ଶିକ୍ଷୟିତ୍ରୀ ସଂଯୁକ୍ତା ମହାନ୍ତିଙ୍କୁ କ୍ଲଷ୍ଟର ସ୍ତରୀୟ ସମ୍ବର୍ଦ୍ଧନା

ଜଗତସିଂହପୁର,(ପି ଏନ),ତିର୍ତ୍ତୋଲ ବ୍ଲକ ଅନ୍ତର୍ଗତ କଟରା ପଂଚାୟତ ଅଧୀନ ମରଦୋଳ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷୟିତ୍ରୀ ସଂଯୁକ୍ତା ମହାନ୍ତିଙ୍କୁ କ୍ଲଷ୍ଟର ସ୍ତରୀୟ ବିଦାୟକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି. ଉକ୍ତ ସଭାରେ ଭାରତୀ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ବିଜୟ କୁମାର ସ୍ୱାଇଁ ସଭାପତିତ୍ୱ କରିଥିଲେ. ମୁଖ୍ୟ ଅତିଥି ଭାବେ କଟରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ନରେଶ କୁମାର ଜେନା, ବିଶିଷ୍ଟ ଅତିଥି ଭାବେ ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ପ୍ରଶାନ୍ତ କୁମାର ମହାନ୍ତି, ମୁଖ୍ୟ ବକ୍ତା ଭାବେ ଚନ୍ଦ୍ର ଶେଖର ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରଶାନ୍ତ କୁମାର ସେଠି, ସମ୍ମାନିତ ଅତିଥି ଭାବେ ପ୍ରାକ୍ତନ ଶିକ୍ଷକ ବସନ୍ତ କୁମାର ବଳ ପ୍ରମୁଖ ଯୋଗଦେଇଥିଲେ. ସତ୍ୟ



ନାରାୟଣ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ସ୍ଥିତି ପ୍ରଜ୍ଞା ମଲ୍ଲିକ ଆବାହନୀ ସଂଗୀତ ଗାନ କରିଥିଲେ. ଏହି ଉତ୍ସବରେ ଶିକ୍ଷକ ତ୍ରିଲୋଚନ ପରିଡା, ଅଭୟ କୁମାର ସ୍ୱାଇଁ, ଗୌରାଙ୍ଗ ଚରଣ ମଲ୍ଲିକ, ସାରଦା ଚରଣ ବେହେରା, ପ୍ରତାପ ଚନ୍ଦ୍ର ସେଠି, ନରେନ୍ଦ୍ର କୁମାର ରାଉତ, ଅହଲ୍ୟା ଦାସ, କବିତା ଦେଇ, ରଂଜିତା ସ୍ୱାଇଁ, ପ୍ରିୟଙ୍କା ପ୍ରଧାନ, କିରଣବାଳା ରାଉତ, କନକ ପ୍ରଭା ଜେନାଙ୍କ ସମେତ ବହୁ ଶିକ୍ଷକ ଶିକ୍ଷୟିତ୍ରୀ ଯୋଗଦେଇ ଶ୍ରୀମତୀ ମହାନ୍ତିଙ୍କ ଚାକିରୀ କାଳ ମଧ୍ୟରେ ଲୋକପ୍ରିୟ, ଛାତ୍ରବତ୍ସଳ, ସହକର୍ମୀ ପ୍ରେମୀ, ସମୟାନୁବର୍ତ୍ତିତା, ଅଭିଭାବକପ୍ରେମୀ, ଆଦର୍ଶ ଶିକ୍ଷୟିତ୍ରୀ ତଥା ଜଣେ ଅମାୟିକ ବ୍ୟକ୍ତିତ୍ୱ ବୋଲି ବର୍ଣ୍ଣନା କରିଥିଲେ. ତାଙ୍କ ଶିକ୍ଷକତା ଜୀବନରେ ଯଥେଷ୍ଟ ସୁନାମ ଅର୍ଜନ କରିଛନ୍ତି ବୋଲି ସାରଗର୍ଭିକ ବକ୍ତବ୍ୟ ରଖିଥିଲେ. ଶେଷରେ କ୍ଲଷ୍ଟର ତରଫରୁ ଶ୍ରୀମତୀ ମହାନ୍ତିଙ୍କୁ ମାନପତ୍ର, ପୁଷ୍ପଗୁଚ୍ଛ ଓ ଉପଢୌକନ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା. ଶିକ୍ଷକ ଦେବରଞ୍ଜନ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

# ଇଣ୍ଡିଆନ ଅଏଲ୍ ପାରାଦୀପ ରିଫାଇନାରୀରେ ଅଡ ଆଓର ଅନ୍ ସାଇଟ୍ ଡିଜାଷ୍ଟର ଡ୍ରିଲ୍

ପାରାଦୀପ,(ପି.ଏନ): ବୁଧବାର ଦିନ ପାରାଦୀପ ରିଫାଇନାରୀରେ ଅଡ ଆଓର ଅନ୍ ସାଇଟ୍ ଡିଜାଷ୍ଟର ଡ୍ରିଲ୍ ଆନୁଷ୍ଠିତ ହୋଇଯାଇଛି। ଜରୁରୀକାଳୀନ ପ୍ରତିକ୍ରିୟା ଏବଂ ଏହାର ପ୍ରସ୍ତୁତିର ପ୍ରଭାବ ଯାଂଚ ରିଫାଇନାରୀ ପକ୍ଷରୁ କରାଯାଇଥିଲା। ପାରାଦୀପ ରିଫାଇନାରୀ ଅନୁମୋଦିତ ଇମରର୍ଜେନ୍ସି ରେସପନସ୍ ଆଣ୍ଡ ଡିଜାଷ୍ଟର ମ୍ୟାନେଜମେଣ୍ଟ ପ୍ଲାନ ଅନୁଯାୟୀ ଏହି ମକ୍ ଡ୍ରିଲ୍ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଜାତୀୟ ବିପର୍ଯ୍ୟୟ ମୁକାବିଲା ବଳ (ଏନଡିଆରଏଫ) ଏବଂ ମ୍ୟୁଚୁଆଲ୍ ଏଡ୍ ସଂସ୍ଥାର ପ୍ରତିନିଧିମାନେ ମଧ୍ୟ ଏହି ଅଭ୍ୟାସ ଡ୍ରିଲ୍‌ରେ ଅଂଶଗ୍ରହଣ କରିଥିଲେ। ପାରାଦୀପ ରିଫାଇନାରୀର ଇଆରୟୁ ୟୁନିଟ୍‌ରେ ଗ୍ୟାସ ଲିକ୍ ହୋଇ ଯଦି ନିଆଁ ଲାଗେ, ତାହାକୁ ସଫଳତାର ସହିତ କିପରି ପ୍ରଶମନ କରାଯିବ ସେ ସମ୍ପର୍କରେ ମକ୍‌ଡ୍ରିଲ୍ ପ୍ରଦର୍ଶିତ ହୋଇଥିଲା।



ଜରୁରୀକାଳୀନ ପ୍ରତିକ୍ରିୟା ଏବଂ ବିପର୍ଯ୍ୟୟ ପରିଚାଳନା ଯୋଜନାର ନିୟମାନୁଯାୟୀ ସମସ୍ତ କାର୍ଯ୍ୟ ସଠିକ୍ ଭାବେ ସମନ୍ୱିତ ଭାବେ ହୋଇଥିବାରୁ ସମସ୍ତ କର୍ତ୍ତୃପକ୍ଷ ପାରାଦୀପ ରିଫାଇନାରୀକୁ ପ୍ରଶଂସା କରିଥିଲେ। ଡ୍ରିଲ୍ ଶେଷ ହେବା ପରେ ପାରାଦୀପ ରିଫାଇନାରୀ ପ୍ରମୁଖ କୌଶିକ ବସୁଙ୍କ ଅଧ୍ୟକ୍ଷତାରେ ଏକ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା।

# ଝୁଲି ପଡିଲେ ଏୟାର ଇଣ୍ଡିଆ ପାଇଲଟ



ଭୁବନେଶ୍ୱର,୨୭।୧୧(ପି.ଏନ): ଯାହାକୁ ଜୀବନ ଠାରୁ ଅଧିକ ଭଲ ପାଉଥିଲେ ସେ ବୁଝିଲାନି। ସମସ୍ତଙ୍କ ଆଗରେ ଦେଉଥିଲା ନିର୍ଯାତନା। ଏପରି କି ଆମିଷ ଖାଇବାକୁ ମଧ୍ୟ ବାରଣ କରୁଥିଲା। ଶେଷରେ ମନର ମଣିଷର ନିର୍ଯାତନା ଅସହ୍ୟ ହେବାରୁ ବାଧ ହୋଇ ଜୀବନ ହାରିଛନ୍ତି ଏୟାର ଇଣ୍ଡିଆର ୨୫ ବର୍ଷୀୟ ପାଇଲଟ ସୃଷ୍ଟି ତୁଲୀ।ମୁମ୍ବାଇର ଅନ୍ଧେରୀରେ ଥିବା ଫ୍ଲାଟରୁ ସୃଷ୍ଟି ବେକରେ ଡାଟା କେବୁଲ ବାନ୍ଧି ଝୁଲି ପଡିଛନ୍ତି। ନଭେମ୍ବର ୨୫ରେ ସେ ଜୀବନ ହାରିଥିବା ବେଳେ ପୁଲିସ୍ ତାଙ୍କ ବୟଫ୍ରେଣ୍ଡ ଆଦିତ୍ୟ ପଣ୍ଡିତଙ୍କୁ ଗିରଫ କରିଛି। ସେ ସୃଷ୍ଟିଙ୍କୁ ଆତ୍ମହତ୍ୟା ପାଇଁ ବାଧ୍ୟ କରିଥିବା ଅଭିଯୋଗ ହୋଇଛି।ସୃଷ୍ଟିଙ୍କ ସମ୍ପର୍କୀୟ ଅଭିଯୋଗ କରିଛନ୍ତି ଯେ ଆଦିତ୍ୟ ତାଙ୍କୁ ସବୁବେଳେ ଦୁର୍ବ୍ୟବହାର କରୁଥିଲେ। ସବୁବେଳେ ତାଙ୍କ ସହ ଫୋନରେ ଝଗଡା କରୁଥିଲେ। ଏଥିପାଇଁ ସୃଷ୍ଟି ବାଧ ହୋଇ ଏପରି ଚରମ ପଦକ୍ଷେପ ନେଇଛନ୍ତି। ଅଭିଯୋଗ ପାଇବା ପରେ ପୁଲିସ୍ ୨୬ ତାରିଖରେ ଗୋଟିଏ ମାମଲା ରୁଜୁ କରିଥିଲା ଓ ଏହାପରେ ଆଦିତ୍ୟଙ୍କୁ ଗିରଫ କରିଛି। ଗିରଫ ପରେ ତାଙ୍କୁ କୋର୍ଟରେ ହାଜର କରାଯାଇଥିଲା। କୋର୍ଟ ତାଙ୍କୁ ୨୯ ଯାଏ ପୁଲିସ୍ ରିମାଣ୍ଡରେ ପଠାଇ ଦେଇଛନ୍ତି।

# ଫୁଲେ ଆମ୍ବେଦକର ସାମାଜିକ ବିକାସ ପରିଷଦ ପକ୍ଷରୁ ୭୫ତମ ସମ୍ବିଧାନ ଦିବସ ପାଳିତ

ପାରାଦୀପ,(ପି.ଏନ): ପାରାଦୀପ ଜୟଦେବ ସଦନ ପରିସରରେ ଫୁଲେ ଆମ୍ବେଦକର ସାମାଜିକ ବିକାଶ ପରିଷଦ ପକ୍ଷରୁ ୭୫ ତମ ସମ୍ବିଧାନ ଦିବସ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୂର୍ବତନ ବିଧାୟକ ରାଧାକାନ୍ତ ସେଠୀ ଯୋଗ ଦେଇଥିଲେ। ସମ୍ମାନୀତ ଅତିଥି ଭାବେ ଆଇନଜୀବୀ ସରୋଜ ସେଠୀ, ମୁଖ୍ୟବକ୍ତା ଭାବେ ସ୍ତମ୍ଭକାର ତଥା ଲେଖକ ମାନଓ ଜେନା, ଆଇନଜୀବୀ ମଂଜୁଲତା ରାଉତ ଯୋଗ ଦେଇଥିଲେ। ଭାରତ ସମ୍ବିଧାନ ସମଗ୍ର ବିଶ୍ୱର ସର୍ବବୃହତ୍ତ ଲିଖିତ ସମ୍ବିଧାନ। ଭାରତବାସୀଙ୍କ ମୌଳିକ ଅଧିକାର ସମ୍ପର୍କରେ ସମ୍ବିଧାନ ଦେଶବାସୀଙ୍କ ସୁରକ୍ଷା କବଚ ବୋଲି କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ମନୋଜ ପାତ୍ର, କୈଳାସ ସାମଲ,ଡମ୍ବରୁ ଜେନା, ମିଳନ ରାଉତରାୟ, ଲିକୁନ ବିଶ୍ୱାଳ ପ୍ରମୁଖ ମତବ୍ୟକ୍ତ କରିଥିଲେ। କାର୍ଯ୍ୟକ୍ରମରେ ପୌରହିତ୍ୟ କରିଥିଲେ ମାଧବେନ୍ଦ୍ର ଗୋଛାୟତ। ଧନ୍ୟବାଦ ଅର୍ପଣ କରିଥିଲେ ପରିଷଦର ସଭାପତି ଚିନ୍ମୟ ନାଥ। ପାରାଦୀପ, କୁଜଙ୍ଗ ଅଂଚଳର ବହୁ ବିଶିଷ୍ଟ ବ୍ୟକ୍ତିମାନେ ଏହି କାର୍ଯ୍ୟକ୍ରମରେ ବହୁ ସଂଖ୍ୟାରେ ଯୋଗ ଦେଇଥିଲେ।

# ପାରାଦୀପରୁ ୧୧ଗ୍ରାମ ବ୍ରାଉନ୍ ସୁଗାର ଜବତ-ଅଭିଯୁକ୍ତ ଗିରଫ

ପାରାଦୀପ,(ପି.ଏନ): ପାରାଦୀପ ମଧୁବନ ଅଂଚଳରୁ ବୁଧବାର ଦିନ ପାରାଦୀପ ପୋଲିସ୍ ଜନୈକ ବ୍ୟକ୍ତିଙ୍କ ନିକଟରୁ ବ୍ରାଉନ୍ ସୁଗାର ଜବତ ହେବା ସହିତ ଅଭିଯୁକ୍ତ ବ୍ୟବହାର କରୁଥିବା ଏକ ନମ୍ବର ବିହୀନ ମୋଟର ସାଇକେଲ ଜବତ କରାଯାଇଛି। ଏସମ୍ପର୍କରେ ପାରାଦୀପ ଥାନାରେ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଭବାନୀ ଶଙ୍କର ଉଦଗାତା। ବୁଧବାର ଦିନ ସକାଳେ ପାରାଦୀପ ଆଦର୍ଶ ଥାନା ସବ୍‌ଇନ୍ସପେକ୍ଟର ରମେଶ ଚନ୍ଦ୍ର ସାହାଣୀ ଏକ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ପୋଲିସ୍ ଟିମ୍ ସହିତ ସବଷ୍ଟେସନ ଛକ ମୁଣ୍ଡାପଡାରୁ ମଧୁବନ କ୍ୟାବିନ୍ ମାର୍କେଟ୍ ରାସ୍ତାରେ ପାରାଦୀପ ଆଦର୍ଶ ଥାନା ଅଧିନସ୍ଥ ଲକ୍‌ପଡାରେ ରହୁଥିବା ସଂଜୟ ପୋଦ୍ଦାରଙ୍କ ପୁଅ ସାଗର ପୋଦ୍ଦାର (୨୬) ଏକ ନମ୍ବର ବିହୀନ ଗ୍ଲାମର ମୋଟର ସାଇକେଲ୍‌ରେ ଯାଉଥିଲେ। ସବ୍‌ଇନ୍ସପେକ୍ଟର ଶ୍ରୀ ସାହାଣୀ ତାଙ୍କୁ ଅଟକାଇବା ପରେ ସାଗର ନିକଟରୁ ୧୧.୯୦ଗ୍ରାମର ବ୍ରାଉନ୍ ସୁଗାର ମିଳିଥିଲା। ସାଗରକୁ ଘଟଣାସ୍ଥଳରୁ ପୋଲିସ୍ ଗିରଫ କରି ଥାନାକୁ ଆଣିଥିଲା ବୋଲି ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଶ୍ରୀ ଉଦଗାତା ଅପରାହ୍ନରେ ପାରାଦୀପ ଥାନାରେ ଗଣମାଧ୍ୟମ ପ୍ରତିନିଧିମାନଙ୍କୁ ସୂଚନା ଦେଇଛନ୍ତି। ଅଭିଯୁକ୍ତଙ୍କୁ ଗିରଫ କରିବା ସହିତ ଗ୍ଲାମର ମୋଟର ସାଇକେଲ ଜବତ କରାଯାଇଥିବା ନେଇ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଶ୍ରୀ ଉଦଗାତା କହିଥିଲେ। ଅଭିଯୁକ୍ତଙ୍କୁ ଗିରଫ ପରେ କୋର୍ଟ ଚାଲଣ କରାଯାଇଛି।

# ଇଫ୍‌କୋ ଏମ୍‌ଡି ଡ. ୟୁ.ଏସ.ଅୱସ୍ଥିଙ୍କୁ (ଆଇସିଏ)ର ରୋଚଡେଲ ପାୟୋନିୟର୍ସ ଆୱାର୍ଡ ପ୍ରଦାନ

ଭୁବନେଶ୍ୱର,(ପି.ଏନ): ଇଫ୍‌କୋର ପରିଚାଳନା ନିର୍ଦ୍ଦେଶକ ଡ.ୟୁ.ଏସ.ଅୱସ୍ଥିଙ୍କୁ ଇନଟରନ୍ୟାସନାଲ କୋଅପରେଟିଭ ଆଲାଏନ୍ସ (ଆଇସିଏ)ର ୨୦୨୪ ରୋଚଡେଲ ପାୟୋନିୟର୍ସ ପୁରସ୍କାର ପ୍ରଦାନ କରାଯାଇଛି। ଡ.ଭର୍ଗିଜ କୁରିଏନଙ୍କ ପରେ ଡ.ଅୱସ୍ଥି ଦ୍ୱିତୀୟ ଭାରତୀୟ ଭାବରେ ଏହି ପୁରସ୍କାର ଲାଭ କରିଛନ୍ତି। ଡ.କୁରିଏନ୍ ୨୦୦୧ରେ ଏହି ପୁରସ୍କାରରେ ସମ୍ମାନିତ ହୋଇଥିଲେ। ୨୦୦୦ରେ ସ୍ଥାପିତ ରୋଚଡେଲ ପାୟୋନିୟର୍ସ ପୁରସ୍କାର ଆଇସିଏ ପକ୍ଷରୁ ପ୍ରଦାନ କରାଯାଉଥିବା ସର୍ବୋଚ୍ଚ ପୁରସ୍କାର ଅଟେ। ଏହା ଚୋଚଡେଲଙ୍କ ଚିନ୍ତାଧାରାକୁ ନେଇ ଜଣେ ବ୍ୟକ୍ତିବିଶେଷ ଅଥବା ସ୍ୱତନ୍ତ୍ର କ୍ଷେତ୍ରରେ ଏକ ସମବାୟ ସଂଗଠନକୁ ନବୋନ୍ମେଷୀ ଏବଂ ଆର୍ଥିକ ଦୃଷ୍ଟିରୁ ଦୀର୍ଘସ୍ଥାୟୀ ସମବାୟ



କାର୍ଯ୍ୟକଳାପ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ନିମନ୍ତେ ପ୍ରଦାନ କରିଥାଏ, ଯେଉଁ ପ୍ରୟାସ ଦ୍ୱାରା ସେମାନଙ୍କର ସଦସ୍ୟମାନଙ୍କୁ ଉଲ୍ଲେଖନୀୟ ଫାଇଦା ପହଁଚିଥିବ। ଡ.ଅୱସ୍ଥି କହିଥିଲେ, "ଆଇସିଏର ଏହି ସମ୍ମାନଜନକ ପୁରସ୍କାର ଲାଭ କରି ମୁଁ ନିଜକୁ ଅତ୍ୟନ୍ତ ସମ୍ମାନିତ ଓ ଗୌରବାନ୍ୱିତ ମନେକରୁଛି। ଏହି ପୁରସ୍କାର ସମ୍ମାନନନୀୟ ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀଙ୍କର 'ସହକାର୍ ସେ ସମୃଦ୍ଧି' ଦୂରଦୃଷ୍ଟିକୁ ନିଜ ସହିତ ବହନ କରୁଛି ଏବଂ ସମ୍ମାନନୀୟ ସହକାରିତା ମନ୍ତ୍ରୀ ଅମିତ ଶାହଙ୍କର ମାର୍ଗଦର୍ଶନ ଓ ଅଦମ୍ୟ ନେତୃତ୍ୱ ଅଧୀନରେ ଇଫ୍‌କୋର ଅନନ୍ୟ ପ୍ରୟାସଗୁଡିକ ସମ୍ପର୍କରେ ଆଲୋକପାତ କରୁଛି।

# କିଶୋର ନ୍ୟାୟ ଆଇନ ସମ୍ବନ୍ଧିତ ସଚେତନତା କାର୍ଯ୍ୟକ୍ରମ

ଜଗତସିଂହପୁର,(ପି ଏନ)ରିଖ:ଆଜି ଜିଲ୍ଲା ପ୍ରଶାସନ ତରଫରୁ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ, ଓଡ଼ିଶା ରାଜ୍ୟ ଶିଶୁ ସୁରକ୍ଷା ସମିତି ତଥା ମହିଳା ଓ ଶିଶୁ ବିକାଶ ବିଭାଗ ର ମିଳିତ ଆନୁକୂଲ୍ୟରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସ୍ଥିତ ସଦଭାବନା ସଭାଗୃହ ରେ କିଶୋର ନ୍ୟାୟ ଅଧିନିୟମ (୨୦୧୫), ଯୌନ ଶୋଷଣ ରୁ ଶିଶୁ ମାନଙ୍କ ସୁରକ୍ଷା ଅଧିନିୟମ ୨୦୧୨ ଏବଂ ଅନୈତିକ ଶିଶୁ ଚାଲାଣ ପ୍ରତିଷେଧ ଆଇନ ର ଉପଯୁକ୍ତ ବ୍ୟବହାର ଓ ବ୍ୟବସ୍ଥା ସମ୍ପର୍କରେ ଏକ ଦିନିକିଆ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହିକାର୍ଯ୍ୟକ୍ରମ ରେ ଅଧ୍ୟକ୍ଷତା କରି ଉପ ଜିଲ୍ଲାପାଳ ଶ୍ରୀ ପ୍ରଶାନ୍ତ କୁମାର ତରାଇ କିଶୋର/କିଶୋରୀ ଙ୍କର ଉନ୍ନତି ତଥା ସେମାନଙ୍କୁ ଅପରାଧିକ ମନୋବୃତ୍ତିରୁ ନିବୃତ କରି ମୁଖ୍ୟ ସ୍ରୋତରେ ସାମିଲ କରିବା ପାଇଁ ସମସ୍ତ ବିଭାଗୀୟ ଅଧିକାରୀ ଓ କର୍ମକର୍ତ୍ତା ମାନଙ୍କୁ ଉପଦେଶ ଦେଇଥିଲେ। ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଶ୍ରୀ ଭବାନୀ ଶଙ୍କର ଉଦଗାତା ଉପସ୍ଥିତ ରହି ପୋଲିସ୍ ତଥା ପ୍ରଶାସନ ର ମିଳିତ ସହଯୋଗ ରେ କାର୍ଯ୍ୟ କରିବାକୁ ପରାମର୍ଶ ଦେଇଥିଲେ। ଜିଲ୍ଲା ଆଇନ୍ ସେବା ପ୍ରାଧିକରଣ ର ସଚିବ ବି ଡି ଚନ୍ଦନା ମଧ୍ୟ ପୋଲିସ ବିଭାଗ ର ଗୁରୁଦାୟିତ୍ୱ ସମ୍ପର୍କ ରେ ବୁଝାଇଥିଲେ। କୌଣସି କେସ କୁ ଫରୱାର୍ଡ କରିବା ସମୟ ରେ ଏଫ୍ ଆଇ ଆର, ପୀଡ଼ିତ



ର ପରିଚୟ ପ୍ରମାଣ ପତ୍ର ଗୁଡ଼ିକୁ ସଠିକ୍ ଭାବେ ଯାଞ୍ଚ କରି କୋର୍ଟ କୁ ପଠାଇବାକୁ ପରାମର୍ଶ ଦେଇଥିଲେ। ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ବିଷ୍ଣୁପ୍ରିୟା ସେଠୀ,ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ସତ୍ୟବ୍ରତ ଦାସ,ଏସ ଡି ପି ଓ ,ଜଗତସିଂହପୁର ଶ୍ରୀ ରଶ୍ମୀ ରଞ୍ଜନ ସାହୁ, ଡି ଏସ ପି ଏସ ଜେ ପି ୟୁ ଶ୍ରୀମତୀ ସରୋଜିନୀ ସିଂ, ମଧ୍ୟ ଏସଂପର୍କରେ ନିଜର ମତାମତ ଉପସ୍ଥାପନ କରିଥିଲେ।ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ କାହ୍ନୁ ଚରଣ ରାଉତ ସ୍ୱାଗତ ସୂଚନା ଦେବା ସହ ଅତିଥି ପରିଚୟ ପ୍ରଦାନ କରିଥିଲେ। ତତ୍ପରେ କଟକ ଶିଶୁ ମଙ୍ଗଳ ସମିତି ର ଅଧ୍ୟକ୍ଷ ଶ୍ରୀ ପ୍ରମୋଦ କୁମାର ଆଚାର୍ଯ୍ୟ କିଶୋର ନ୍ୟାୟ ଆଇନ ( କେୟାର ଆଣ୍ଡ ପ୍ରୋଟେକ୍ସନ ଅଫ ଚିଲ୍ଡରେନ୍ ଆଇନ୍ ୨୦୧୫, ସ୍ୱତନ୍ତ୍ର କିଶୋର ନ୍ୟାୟ ପରିଷଦର କର୍ମକର୍ତ୍ତା ମାନଙ୍କର ଦାୟିତ୍ୱ, କିଶୋର ନ୍ୟାୟ ସମ୍ବନ୍ଧୀୟ ବିଭିନ୍ନ ତଥ୍ୟ , ପୋସ୍କ ? ଆଇନ୍ ୨୦୧୨, ଏବଂ ଓଡ଼ିଶା ଭିକ୍ଟିମ କମ୍ପେନ୍‌ସେଶନ୍ ଯୋଜନା ଇତ୍ୟାଦି ବିଷୟରେ ଆଲୋଚନା କରିଥିଲେ। ୧୮ ବର୍ଷରୁ କମ୍ ଆଇନ୍ ସହ ଦ୍ୱନ୍ଦରେ ଥିବା ପିଲାମାନଙ୍କ କ୍ଷେତ୍ରରେ ବେଷ୍ଟ ଇଣ୍ଟରେଷ୍ଟ ଅଫ ଚାଇଲ୍ଡ ବା କିଶୋର ମାନଙ୍କର ସମୂହ ଉନ୍ନତି କୁ ପ୍ରାଧାନ୍ୟ ଦେଇ ବିଭିନ୍ନ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଉଚିତ୍ ଏବଂ ସେମାନଙ୍କର ମାନସିକ ସ୍ଥିତିକୁ ଦୃଷ୍ଟିରେ ରଖି ପୀଡ଼ିତ ବା ପୀଡ଼ିତା ଙ୍କର ପରିଚୟ ମଧ୍ୟ ଗୋପନ ରଖାଯିବା ଉଚିତ୍ ବୋଲି ସେ କହିଥିଲେ। ବିଭିନ୍ନ କ୍ଷେତ୍ରରେ ଡାକ୍ତରୀ ମାଇନା, ବୟାନ ରେକର୍ଡ ଆଦି ସମୟରେ ପୀଡ଼ିତା କିଶୋରୀ ହୋଇଥିଲେ ମହିଳା ଡାକ୍ତର ବା ଅଧିକାରୀଙ୍କ ଉପସ୍ଥିତି ନିହାତି ଜରୁରୀ ବୋଲି ଶ୍ରୀ ଆଚାର୍ଯ୍ୟ କହିଥିଲେ। ଏହାପରେ ସମସ୍ତ ସଦସ୍ୟ ଓ କର୍ମକର୍ତ୍ତା ମାନଙ୍କର ବିଭିନ୍ନ ପ୍ରଶ୍ନର ଉତ୍ତର ଅତ୍ୟନ୍ତ ସମାହିତ ଭାବେ ପ୍ରଦାନ କରିଥିଲେ ଶ୍ରୀ ଆଚାର୍ଯ୍ୟ ।ଏହି ଆଲୋଚନାତ୍ମକ କାର୍ଯ୍ୟକ୍ରମ ରେ କିଶୋର ନ୍ୟାୟ ପରିଷଦର ସଦସ୍ୟ, ଶିଶୁ ମଙ୍ଗଳ ସମିତିର ସଦସ୍ୟ ମାନେ,ଶିଶୁ ଯତ୍ନ ଅନୁଷ୍ଠାନର କର୍ମକର୍ତ୍ତା, ଶିଶୁ ମଙ୍ଗଳ ଅଧିକାରୀ, ସ୍ୱତନ୍ତ୍ର ପୋଲିସ ୟୁନିଟ ର କର୍ମକର୍ତ୍ତା, ସମସ୍ତ ଥାନାର ଝଔଚଟ ସଦସ୍ୟ, ପାରା ଲିଗାଲ ଭଲ୍ୟୁଣ୍ଟିଅର ,ୱାନ ଷ୍ଟପ୍ ସେଣ୍ଟର, ଚାଇଲ୍ଡ ହେଲ୍ପ ଲାଇନ ର କର୍ମକର୍ତ୍ତା, ପ୍ରମୁଖ ଉପସ୍ଥିତ ରହି ସକ୍ରିୟ ଅଂଶଗ୍ରହଣ କରିଥିଲେ। ପରିଶେଷରେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ ର ଲିଗାଲ କମ୍ ପ୍ରୋବେସନ୍ ଅଫିସର ଜଗନ୍ନାଥ ମିଶ୍ର ଧନ୍ୟବାଦ୍ ଅର୍ପଣ କରିଥିଲେ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)



FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities
TUITION CLASSES
for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray